୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.246 Bhubaneswar Tuesday November 12 2024 | ୨୬ତମ ବର୍ଷ ସଂଖ୍ୟା-୨୪୬ ଭୁବନେଶ୍ୱର, ମଙ୍ଗଳବାର, ନଭେମ୍ବର ୧୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹1.50 | (Air Surcharge - 0.50P) | Member-INS

## ସରକାରୀ କର୍ମଚାରୀଙ୍କୁ ମୁଖ୍ୟ ସଚିବଙ୍କ ଚେତାବନୀ: ବଦଳି-ନିଯୁକ୍ତି ପାଇଁ ଚାପ ପକାଅ ନାହିଁ




ଭୁବନେଶ୍ୱର,୧୧।୧୧(ପି.ଏନ): ଏଣିକି ଆଉ ଚଳିବନି ବଦଳି ଏବଂ ପୋଷ୍ଟିଂ ପାଇଁ ଚାପ ପକାଉଥିବା କର୍ମଚାରୀଙ୍କ ହାକିମାତି। ଟ୍ରାନ୍ସଫର ପାଇଁ ଚାପ ପକାଇଲେ ହେବ କଡା ଆକ୍ସନ। ଏନେଇ ସବୁ ବିଭାଗର ସଚିବମାନଙ୍କୁ ଚିଠି ଲେଖି ଜଣାଇଛନ୍ତି ମୁଖ୍ୟ ସଚିବ ମନୋଜ ଆହୁଜା। ନେତା-ମନ୍ତ୍ରୀଙ୍କ ଲିଖିତ ସୁପାରିଶ ଆଣି ନିଜର ବଦଳି ଓ ପଦୋନ୍ନତି ପାଇଁ ଚାପ ପକାଇବା ଏଣିକି ସରକାରୀ କର୍ମଚାରୀଙ୍କୁ ମହଙ୍ଗା ପଡିବ।ମୁଖ୍ୟ ସଚିବ ଆଜି ସମସ୍ତ ବିଭାଗୀୟ ସଚିବ ଓ ଜିଲ୍ଲାପାଳମାନଙ୍କୁ ଚିଠି ଲେଖି ସରକାରୀ କର୍ମଚାରୀମାନଙ୍କ ଦ୍ୱାରା ବଦଳି ଓ ନିଯୁକ୍ତି ପାଇଁ ପକାଯାଉଥିବା ଅଯଥା ପ୍ରଭାବ ଓ ଚାପ ଉପରେ କଟକଣା ଜାରି କରିଛନ୍ତି। ଏହା ସହିତ ଏହି ଗାଇଡଲାଇନର ପ୍ରଭାବୀ ଢଙ୍ଗରେ କାର୍ଯ୍ୟକାରିତାକୁ ସୁନିଶ୍ଚିତ କରିବା ପାଇଁ ସଚିବ ଓ ଜିଲ୍ଲାପାଳମାନଙ୍କୁ ସେ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ସଚିବ ତାଙ୍କ ଚିଠିରେ ଲେଖିଛନ୍ତି, କିଛି ସରକାରୀ କର୍ମଚାରୀ ନିଜର ବଦଳି କିମ୍ବା ନିଯୁକ୍ତି ପାଇଁ ବାହ୍ୟ ଚାପ ପକାଇବାକୁ ପ୍ରୟାସ କରୁଛନ୍ତି। ଏଭଳି ଅଭ୍ୟାସ 'ଓଡିଶା ଗଭର୍ଣ୍ଣମେଂଟ ସର୍ଭ୍ୟାଣ୍ଟ କଣ୍ଡକ୍ଟ ରୁଲସ୍-୧୯୫୯ର ରୁଲ-୨୩ର' ସିଧାସଳଖ ଉଲ୍ଲଙ୍ଘନ।

## ବଡ଼ୋଦରା ଇଣ୍ଡିଆନ ଅଏଲ ବିଶୋଧନାଗାରରେ ବିସ୍ଫୋରଣ

ବଡ଼ୋଦରା,୧୧।୧୧(ପି.ଏନ): ଗୁଜରାଟର ବଡ଼ୋଦରାସ୍ଥିତ ଇଣ୍ଡିଆନ୍ ଅଏଲ୍ କର୍ପୋରେସନ୍ (ଆଇଓସିଏଲ୍) ବିଶୋଧନାଗାରରେ ବିସ୍ଫୋରଣ ପରେ ଭୟଙ୍କର ଅଗ୍ନିକାଣ୍ଡ ଘଟିଛି। ନିଆଁ ଏତେ ଭୀଷଣଭାବେ ଲାଗିଛି ଯେ ରିଫାଇନାରୀରୁ ଧୂଆଁ ବାହାରୁଥିବା ଦେଖିବାକୁ ମିଳୁଛି। ଅନେକ କିଲୋମିଟର ଦୂରରୁ ଧୂଆଁ ଦେଖିବାକୁ ମିଳୁଛି।ଖବରପାଇ ବଡ଼ୋଦରା ପୋଲିସ ଏବଂ ଅଗ୍ନିଶମ ବାହିନୀ ନିଆଁକୁ ଆୟତ୍ତ କରିବା ପାଇଁ କାମ କରୁଛନ୍ତି । ଏହାବ୍ୟତୀତ ବିଶୋଧନାଗାର କର୍ମଚାରୀଙ୍କୁ ସ୍ଥାନାନ୍ତର କରାଯାଉଛି। କେତେ କର୍ମଚାରୀ ଭିତରେ ଫସି ରହିଛନ୍ତି ସେ ନେଇ କୌଣସି ସୂଚନା ମିଳିପାରିନାହିଁ।ପ୍ରାଥମିକ ସୂଚନା ଅନୁଯାୟୀ, ଇଣ୍ଡିଆନ୍ ଅଏଲ୍ କର୍ପୋରେସନ୍ (ଆଇଓସିଏଲ୍) ବିଶୋଧନାଗାରରେ ଥିବା ୧୦୦୦ କିଲୋଲିଟର ବେଞ୍ଜିନ୍ ଟାଙ୍କିରେ ଅଗ୍ନିକାଣ୍ଡ ଘଟିଛି। ତେବେ କିପରି ଅଗ୍ନିକାଣ୍ଡ ଘଟିଲା ସେ ନେଇ କମ୍ପାନି କୌଣସି ସୂଚନା ଦେଇନାହିଁ। ସେମାନେ କେବଳ ତଦନ୍ତ କଥା କହୁଛନ୍ତି। ସେପଟେ ଆଇଓସିଏଲରେ ଅଗ୍ନିକାଣ୍ଡ ଖବର ପାଇ ବଡ଼ୋଦରା ଜିଲ୍ଲାପାଳ, ଏସପି ଏବଂ ଅନ୍ୟ ପୁଲିସ ଅଧିକାରୀମାନେ ଘଟଣାସ୍ଥଳରେ ପହଞ୍ଚିଥିଲେ । ତୁରନ୍ତ ଆଇଓସିଏଲର ଅଗ୍ନି ନିରାପତ୍ତା ଟିମ୍ ଏବଂ ବଡ଼ୋଦରା ଅଗ୍ନିଶମ ବାହିନୀ ଟିମ୍ ନିଆଁ ଲିଭାଇବା ଆରମ୍ଭ କରିଥିଲେ। ସେମାନେ ଫସି ରହିଥିବା କର୍ମଚାରୀଙ୍କୁ ବିଶୋଧନାଗାରରୁ ବାହାର କରିବା ଆରମ୍ଭ କରିଥିଲେ।

## ମହିଳା କମିଶନ ଅଧକ୍ଷା ପଦରୁ ହଟିଲେ ମିନତି ବେହେରା

ଭୁବନେଶ୍ୱର,୧୧।୧୧(ପି.ଏନ): ମହିଳା କମିଶନ ଅଧକ୍ଷା ପଦରୁ ମିନତି ବେହେରା ହଟିଛନ୍ତି। ଏନେଇ ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ବିଧିବଦ୍ଧ ଭାବେ ବିଜ୍ଞପ୍ତି ପ୍ରକାଶ ପାଇଛି।ସୂଚନାଯୋଗ୍ୟ ଗତ ମାସ ୨୩ ତାରିଖରେ ସରକାର ମହିଳା କମିଶନ ଅଧକ୍ଷା ପଦରୁ ମିନତି ବେହେରାଙ୍କୁ ବରଖାସ୍ତ କରିଥିଲେ। ୨୫ରେ ତାଙ୍କ କାମରେ ଅସନ୍ତୋଷ ଜାହିର କରି ମିନତି ବେହେରାଙ୍କୁ ସରକାର କାରଣ ଦର୍ଶାଅ ନୋଟିସ୍ ଜାରି କରିଥିଲେ ରାଜ୍ୟ ସରକାର। ନଭେମ୍ବର ୧ ତାରିଖ ୪ଟା ବେଳେ ମହିଳା କମିଶନ ନୋଟିସର ଉତ୍ତର ରଖିଥିଲେ। ସରକାର ମିନତିଙ୍କ ପାଖରୁ ସନ୍ତୋଷଜନକ ଉତ୍ତର ନମିଳିବାରୁ ପଦରୁ ହଟେଇ ଦେଇଥିଲେ।

## ଚିକିତ୍ସାଧୀନ ଅବସ୍ଥାରେ କଏଦୀଙ୍କ ମୃତ୍ୟୁ , ୨ ବର୍ଷ ହେବ ଜେଲରେ ଥିଲେ

ବଣାଇ,୧୧।୧୧(ପି.ଏନ): ବଣାଇ ଉପକାରାଗାରରେ ବିଚାରାଧୀନ ବନ୍ଦୀଙ୍କ ମୃତ୍ୟୁ ଘଟିଛି । ଅସୁସ୍ଥତା କାରଣରୁ କଏଦୀଙ୍କୁ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା । ଚିକିତ୍ସାଧୀନ ଅବସ୍ଥାରେ କଏଦୀଙ୍କ ମୃତ ବୋଲି ଘୋଷଣା କରିଥିଲେ ଡାକ୍ତର । ମୃତକ ଜଣକ କୋଇଡା ଅଞ୍ଚଳର ବୁଧୁ ମୁଣ୍ଡା । ହତ୍ୟା ମାମଲାରେ ୨ ବର୍ଷ ହେବ ଜେଲରେ ଥିଲେ ।

## ଓଡିଶା ନର୍ସିଂ କ୍ୟାଡରର ଡ୍ରେସ୍ କୋଡ୍ ପରିବର୍ତ୍ତନ, ୟୁନିଫର୍ମରେ ରହିବ ସମ୍ବଲପୁରୀ ଛିଟ

ଭୁବନେଶ୍ୱର,୧୧।୧୧(ପି.ଏନ): ନର୍ସଙ୍କ ଡ୍ରେସ କୋଡ୍‌କୁ ନେଇ ପରିବର୍ତ୍ତନ ଖବର ବର୍ତ୍ତମାନ ସାମ୍ନାକୁ ଆସିଛି। ରାଜ୍ୟ ସ୍ୱାସ୍ଥ୍ୟ ବିଭାଗ ଅଧୀନ ନର୍ସଙ୍କ ଡ୍ରେସ କୋଡ୍ ବଦଳିଛି। ଓଡିଶା ନର୍ସିଂ କର୍ମଚାରୀ ସଂଘ ସହ ଆଲୋଚନା ପରେ ଏହି ନିଷ୍ପତ୍ତି ନିଆଯାଇଛି। ତେବେ ଆସନ୍ତୁ ଜାଣିବା କେଉଁ ବର୍ଗର ନର୍ସ କେଉଁ ରଙ୍ଗର ଡ୍ରେସ କୋଡ୍ ପିନ୍ଧିବେ। ସୂଚନାନୁଯାୟୀ, ସିନିୟର୍ ନର୍ସିଂ ଅଫିସରଙ୍କ ଡ୍ରେସ୍ କୋଡ୍ ଇଷତ୍ ବାଇଗଣୀ ରଙ୍ଗର ହୋଇଛି। ଆସିଷ୍ଟାଣ୍ଟ ନର୍ସିଂ ସୁପରିଟେଣ୍ଡେଣ୍ଟ କେୟନ୍ ବ୍ଲୁ ରଙ୍ଗର ପୋଷାକ ପରିଧାନ କରିବେ। ଡେପୁଟି ନର୍ସିଂ ସୁପରିଟେଣ୍ଡେଣ୍ଟ/ ନର୍ସିଂ ସୁପରିଟେଣ୍ଡେଣ୍ଟଙ୍କର ଡ୍ରେସ୍ କୋଡ୍ ଧଳା ରଙ୍ଗର ରହିଛି। ଏଥିସହ ଜେନେରାଲ ୱାର୍ଡରେ କାର୍ଯ୍ୟରତ ନର୍ସ ଧଳା ରଙ୍ଗର ଆପ୍ରନ୍ ପିନ୍ଧିବେ। ନର୍ସିଂ ଅଫିସରଙ୍କ ୟୁନିଫର୍ମରେ ରହିବ ସମ୍ବଲପୁରୀ ଛିଟ ରହିବ।

## ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ'୧୧ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା। ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ।

-ପ୍ରକାଶକ

## ଶ୍ରୀମନ୍ଦିର ଧ୍ୱଜ ବନ୍ଧା ନୀତିରେ ପରିବର୍ତ୍ତନ, ସନ୍ଧ୍ୟା ବଦଳରେ ଅପରାହ୍ନରେ ହେବ ସମ୍ପନ୍ନ



ପୁରୀ,୧୧।୧୧ (ପି.ଏନ): ଶ୍ରୀମନ୍ଦିରରେ ଧ୍ୱଜ ବନ୍ଧା ଏକ ଗୁରୁତ୍ୱପୂର୍ଣ୍ଣ ପ୍ରକ୍ରିୟା । ଧ୍ୱଜ ବନ୍ଧା ସହ ଜଡିତ କୋଟି କୋଟି ଜଗନ୍ନାଥ ପ୍ରେମୀଙ୍କ ଭାବାବେଗ । ଏବେ ପଞ୍ଚୁକ ଆରମ୍ଭ ହେଉଥିବାରୁ ଭକ୍ତଙ୍କର ପ୍ରବଳ ଭିଡ ହେବ ଶ୍ରୀମନ୍ଦିରରେ । ତେଣୁ ଧ୍ୱଜ ବନ୍ଧାର ସମୟରେ ପରିବର୍ତ୍ତନ କରିଛନ୍ତି ମନ୍ଦିର ପ୍ରଶାସନ । ଏକ ସପ୍ତାହ ପାଇଁ ଏହି ନୀତି ସଂଧାରେ କରାଯିବା ବଦଳରେ ଅପରାହ୍ନ ସାଢେ ତିନିଟାରୁ ଚାରିଟା ଭିତରେ କରିବାକୁ ନିଷ୍ପତ୍ତି ନେଇଛି ମନ୍ଦିର ପ୍ରଶାସନ । ଏନେଇ ମନ୍ଦିର ମୁଖ୍ୟ ପ୍ରଶାସକଙ୍କ ତରଫରୁ ଏକ ନିର୍ଦ୍ଦେଶ ହୋଇଛି ।ମନ୍ଦିରରେ ପଞ୍ଚୁକ ପାଇଁ ବହୁ ଭକ୍ତଙ୍କ ଭିଡ ହେବ । ଏହାକୁ ଦୃଷ୍ଟିରେ ରଖି ମନ୍ଦିର ପ୍ରଶାସନ ଅପରାହ୍ନ ସାଢେ ୩ରୁ ୪ ମଧ୍ୟରେ ଧ୍ୱଜ ବନ୍ଧା ନୀତି କରିବାକୁ ଯାଉଛି । ଏହି ନିୟମ ଆସନ୍ତା ସାତ ଦିନ ପାଇଁ ଲାଗୁ ହେବ । ଏହି କାମକୁ ଶୃଙ୍ଖଳିତ ଭାବେ ସମ୍ପାଦନ କରିବାକୁ ମୁଖ୍ୟ ପ୍ରଶାସକ ଶ୍ରୀମନ୍ଦିର କମାଣ୍ଡର ତଥା ସୁପରଭାଇଜରଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏଥିସହ ଚୁନରା ସେବାୟତଙ୍କ ସହଯୋଗ ମଧ କାମନା କରିଛନ୍ତି ।ମୁଖ୍ୟ ପ୍ରଶାସକଙ୍କ ନିର୍ଦ୍ଦେଶରେ କଡା ରୂପେ କୁହାଯାଇଛି, ଏହି କାର୍ଯ୍ୟରେ କୌଣସି ପ୍ରକାରର ଅସଙ୍ଗତି ବା ବ୍ୟତିକ୍ରମକୁ ଗ୍ରହଣ କରାଯିବ ନାହିଁ । ଶ୍ରୀମନ୍ଦିରରେ ପ୍ରତି ଦିନ ସଂଧାରେ ଧ୍ୱଜ ବନ୍ଧା ନୀତି ସମ୍ପାଦିତ ହୋଇଥାଏ । ଏହାକୁ ଚୁନରା ସେବାୟତମାନେ କରିଥାନ୍ତି । ଧ୍ୱଜ ବନ୍ଧା ଦୃଶ୍ୟ ଦେଖିବାକୁ ଭକ୍ତଙ୍କ ମଧ୍ୟରେ ଆଗ୍ରହ ରହିଥାଏ ।

## କିଟ୍ ଫେସନ୍ ସ୍କୁଲ୍ ଛାତ୍ରୀ ତ୍ରିଷ୍ଣା ରାୟଙ୍କୁ ମିସ୍ ଟିନ୍ ୟୁନିଭର୍ସ ମୁକୁଟ : ବିଶ୍ୱସ୍ତରରେ ଓଡ଼ିଶାର ଗୌରବ



ଭୁବନେଶ୍ୱର, ୧୧।୧୧: ଦକ୍ଷିଣ ଆଫ୍ରିକାରେ ଅନୁଷ୍ଠିତ ମିସ୍ ଟିନ୍ ୟୁନିଭର୍ସ ୨୦୨୪ ସୁନ୍ଦରୀ ପ୍ରତିଯୋଗିତାରେ କିଟ୍ ବିଶ୍ୱବିଦ୍ୟାଳୟ ଫେସନ୍ ସ୍କୁଲ୍ ଛାତ୍ରୀ ତ୍ରିଷ୍ଣା ରାୟ ବିଜୟୀ ହୋଇ ମିସ୍ ଟିନ୍ ୟୁନିଭର୍ସ ୨୦୨୪ ଟାଇଟଲ୍ ହାସଲ କରିଛନ୍ତି। କିଟ୍ ଫେସନ୍ ଟେକ୍ନୋଲୋଜି ସ୍କୁଲ୍‌ର ଛାତ୍ରୀ ତ୍ରିଷ୍ଣା ଏହି ଟାଇଟଲ୍ ହାସଲ କରି କିଟ୍ ତଥା ଓଡ଼ିଶା ଓ ଭାରତକୁ ଗୌରବ ଆଣି ଦେଇଛନ୍ତି। ନଭେମ୍ବର ୧ରୁ ୯ତାରିଖ ପର୍ଯ୍ୟନ୍ତ ଏହି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ଏହି ପ୍ରତିଯୋଗିତାରେ ସମଗ୍ର ବିଶ୍ୱରୁ ପ୍ରତିଯୋଗୀମାନେ ଭାଗ ନେଇଥିଲେ। କର୍ଣ୍ଣେଲ୍ ଦିଲ୍ଲୀପ କୁମାର ରାୟ ଏବଂ ରାଜଶ୍ରୀଙ୍କ ଝିଅ ତ୍ରିଷ୍ଣା ଏହି ପ୍ରତିଯୋଗିତାରେ ଭାଗ ନେବାପାଇଁ ପ୍ରୟାସ କରିଆସୁଥିଲେ। ତାଙ୍କର ଭିସା ସମସ୍ୟା ଯୋଗୁଁ ସେ ଗତବର୍ଷ କଲମ୍ବିଆ ଓ ଡ଼ୋମିନିକାନ୍ ରିପବ୍ଲିକ୍‌ରେ ଅନୁଷ୍ଠିତ ପ୍ରତିଯୋଗିତାରେ ଅଂଶଗ୍ରହଣ କରିପାରି ନ ଥିଲେ। ତାଙ୍କର କଠିନ ଅଧ୍ୟବସାୟ ଓ ନିଷ୍ଠା ପାଇଁ ସେ ଏହି ଅନ୍ତର୍ଜାତୀୟ ସଫଳତା ପାଇପାରିଛନ୍ତି। ତ୍ରିଷ୍ଣାଙ୍କ ଏହି ସଫଳତାରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

## ଅଯୋଧ୍ୟା ରାମ ମନ୍ଦିରକୁ ଉଡାଇ ଦେବାକୁ ପନ୍ନୁର ଧମକ



ଭୁବନେଶ୍ୱର,୧୧।୧୧(ପି.ଏନ): ଖଲିସ୍ତାନୀ ଆତଙ୍କବାଦୀ ଗୁରପତୱନ୍ତ ସିଂହ ପନ୍ନୁ ଅଯୋଧ୍ୟାରେ ପ୍ରତିଷ୍ଠା ହୋଇଥିବା ଭବ୍ୟ ରାମ ମନ୍ଦିରକୁ ଉଡାଇ ଦେବାକୁ ଧମକ ଦେଇଛି। ସେ ଗୋଟିଏ ଭିଡିଓ ଜାରି କରି ଅଯୋଧ୍ୟାରେ ହିଂସା ହେବ ଓ ସେ ହିନ୍ଦୁତ୍ୱ ବିଚାରଧାରାର ମୂଳଦୁଆକୁ ଦୋହଲାଇ ଦେବ ବୋଲି କହିଛି। ବ୍ୟାନ ହୋଇଥିବା ଶିଖ ଫର ଜଷ୍ଟିସ ସଂଗଠନର ନେତା ପନ୍ନୁ କହିଛି, " ହିଂସାତ୍ମକ ହିନ୍ଦୁତ୍ୱ ବିଚାରଧାରାର ଜନ୍ମସ୍ଥାନ ଅଯୋଧ୍ୟାର ମୂଳଦୁଆକୁ ଆମେ ଦୋହଲାଇ ଦେବୁ। ନଭେମ୍ବର ୧୬ ଓ ୧୭ ତାରିଖରେ ଅଯୋଧ୍ୟାର ରାମ ମନ୍ଦିର ସହ ଅନ୍ୟ ସ୍ଥାନରେ ମଧ ବିସ୍ଫୋରଣ ହେବ।"

## ବଦଳୁଛି ପାଗ, ୧୫ରୁ ବଢ଼ିବ ଶୀତ !

ଭୁବନେଶ୍ୱର,୧୧।୧୧(ପି.ଏନ): ବଦଳୁଛି ପାଗ। ୧୫ ତାରିଖ ଅର୍ଥାତ କାର୍ତ୍ତିକ ପୂର୍ଣ୍ଣମାଠାରୁ ରାଜ୍ୟର ଶୀତର ପ୍ରକୋପ ବଢ଼ିବାର ସମ୍ଭାବନା ରହିଛି। ରାତିର ତାପମାତ୍ରା ୨ରୁ ୪ ଡିଗ୍ରୀ ପର୍ଯ୍ୟନ୍ତ ହ୍ରାସ ପାଇବାର ସମ୍ଭାବନା ରହିଛି। ଏନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି।

## ଏଥର ପଞ୍ଚୁକ ଚାରିଦିନ, ଶୃଙ୍ଖଳିତ ଦର୍ଶନକୁ ଗୁରୁତ୍ୱ



ଭୁବନେଶ୍ୱର,୧୧।୧୧(ପି.ଏନ): ରାତି ପାହିଲେ ଧାର୍ମ ମାସ କାର୍ତ୍ତିକର ମହାପଞ୍ଚୁକ ବ୍ରତ ଆରମ୍ଭ ହେବ। ଚଳିତ ବର୍ଷ ପଞ୍ଚୁକ ପାଞ୍ଚଦିନ ପରିବର୍ତ୍ତ ? ଚାରିଦିନ ପଡୁଥିବାରୁ ଏହି ସମୟରେ ଶ୍ରୀମନ୍ଦିରରେ ଲକ୍ଷ ଲକ୍ଷ ଭକ୍ତଙ୍କ ଭିଡ଼ ଲାଗିବ। ଏହାକୁ ଦୃଷ୍ଟିରେ ରଖି ପୁରୀ ପୁଲିସ ପକ୍ଷରୁ ଶୃଙ୍ଖଳିତ ଦର୍ଶନ, ଭକ୍ତଙ୍କ ସୁରକ୍ଷା ଏବଂ ଟ୍ରାଫିକ ପରିଚାଳନା ପାଇଁ ସ୍ୱତନ୍ତ୍ର ପଦକ୍ଷେପ ନିଆଯାଇଛି ବୋଲି କହିଛନ୍ତି ପୁରୀ ଏସପି। ଆସନ୍ତାକାଲି (ମଙ୍ଗଳବାର) ଦେବୋତ୍ଥାପନ ଏକାଦଶୀରେ ଚତୁର୍ଦ୍ଧାମୂର୍ତ୍ତି ଲକ୍ଷ୍ମୀନାରାୟଣ ବେଶରେ ଦର୍ଶନ ଦେବେ। ୧୩ ତାରିଖରେ ବାଙ୍କଚୂଡ଼ା ବେଶ, ୧୪ ତାରିଖରେ ଡାଳିକିଆ ବା ତ୍ରିବିକ୍ରମ ବେଶ, ୧୫ ତାରିଖ ପୂର୍ଣ୍ଣିମା ଦିନ ରାଜାଧିରାଜ ବା ସୁନାବେଶରେ ଦର୍ଶନ ଦେବେ ଚତୁର୍ଦ୍ଧା ବିଗ୍ରହ। ଚଳିତ ବର୍ଷ ତିଥିରେ କ୍ଷୟ ପଡୁଥିବାରୁ ମହାପ୍ରଭୁଙ୍କର ଲକ୍ଷ୍ମୀନୃସିଂହ ବେଶ ଅନୁଷ୍ଠିତ ହେବ ନାହିଁ।ମହାପ୍ରଭୁଙ୍କର ପଞ୍ଚୁକରେ ଅନୁଷ୍ଠିତ ହେବାକୁ ଥିବା ଏହି ସ୍ୱତନ୍ତ୍ର ବେଶ ଗୁଡ଼ିକୁ ଦର୍ଶନ କରିବା ପାଇଁ ଲକ୍ଷ ଲକ୍ଷ ଭକ୍ତ ଓ ହବିଷ୍ୟାଳିଙ୍କ ଭିଡ଼ ଜମିବ। ସେମାନେ ମରଚିକୋଟ ଛକଠାରୁ ବ୍ୟାରିକେଡରେ ପ୍ରବେଶ କରିବା ପରେ ଲମ୍ବା ଧାଡିରେ ଆସି ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଯିବେ। ସେଠାରୁ ଦୋଳବେଦୀ କୋଣ ସମ୍ମୁଖ ବ୍ୟାରିକେଡ ଦେଇ ସିଂହଦ୍ୱାର ସମ୍ମୁଖରେ ପହଞ୍ଚିବା ପରେ ସେଠାରୁ ଦଫା ଦଫା ହୋଇ ବାଇଶି ପାହାଚ ପରେ ସାତ ପାହାଚ ଦେଇ ନାଟମଣ୍ଡପର ବାହାର କାଠ ନିକଟରୁ ଦର୍ଶନ କରିବେ। ଭିତର କାଠ ଦର୍ଶନ ପଞ୍ଚୁକରେ ବନ୍ଦ ରହିବା ବୋଲି ଜଣାପଡ଼ିଛି।

## ମହର୍ଷି କଲେଜରେ ଗୋଷ୍ଠୀ ସଂଘର୍ଷ, ବ୍ୟାଗରୁ ବିୟର ବୋତଲ ବାହାର କରି ଲାଇବ୍ରେରୀଆନଙ୍କ ମୁଣ୍ଡକୁ ପିଟିଲେ ଛାତ୍ର

ଭୁବନେଶ୍ୱର,୧୧।୧୧(ପି.ଏନ): ମହର୍ଷି କଲେଜରୁ ସାମ୍ନାକୁ ଆସିଛି ଅଭାବନୀୟ ଘଟଣା । କଲେଜ ପରିସରରେ ଗୋଷ୍ଠୀ ସଂଘର୍ଷ ଦେଖାଯାଇଛି । ତେବେ ଏହି ସଂଘର୍ଷ ଯୋଗୁଁ ସହାୟକଙ୍କର ମୁଣ୍ଡ ଫାଟି ଯାଇଛି । ତେବେ ଗୋଷ୍ଠୀ ସଂଘର୍ଷ ବେଳେ ଆସିଷ୍ଟାଣ୍ଟ ବୁଝାଇବା ପାଇଁ ଯାଇଥିଲେ । ହେଲେ ଛାତ୍ରମାନେ ଉତ୍ତ୍ୟକ୍ତ ହୋଇ ବିୟର ବୋତଲ ମାଡ କରିଥିଲେ । ମଦ ବୋତଲ ମାଡ ଯୋଗୁଁ ଲାଇବ୍ରେରୀଆନଙ୍କ ମୁଣ୍ଡ ଫାଟି ଯାଇଛି । ତେବେ ତାଙ୍କୁ ଉଦ୍ଧାର କରାଯାଇ ହସ୍ପିଟାଲରେ ଭର୍ତ୍ତି କରାଯାଇଛି । ତେବେ ଏନେଇ ଖବର ପାଇଁ ସହିଦନଗର ଥାନା ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି । ତେବେ ମୁଣ୍ଡ ଫଟାଇଥିବା ଯୁବକକୁ ମଧ ଚିହ୍ନଟ କରାଯାଇଛି । ଉକ୍ତ ଯୁବକଙ୍କ ନାମ ସନ୍ତୋଷ ସ୍ୱାଇଁ ବୋଲି ଜଣାପଡିଛି ।ତେବେ ଏନେଇ କଲେଜର ଜଣେ ସିନିୟର ଛାତ୍ର କହିଛନ୍ତି, ହଠାତ୍ ୩ରୁ ୪ ଜଣ ଛାତ୍ର କଲେଜ ଭିତରକୁ ପସି ଆସିଥିଲେ । ଫଳରେ ଏହି ଗୋଷ୍ଠୀ ସଂଘର୍ଷ ହୋଇଥିଲା । ତେବେ ଛାତ୍ରଜଣକ ବିୟର ବୋତଲ କଲେଜ ନେଇ ଆସିଥିଲେ । ଅଧିକ କ୍ରୋଧ କାରଣରୁ ସେ ବ୍ୟାଗରୁ ବୋତଲ ବାହାର କରି ଆକ୍ରମଣ କରିଥିବା ନେଇ କେଲଜ ପ୍ରିନ୍ସିପାଲ୍ ସୂଚନା ଦେଇଛନ୍ତି । ଏନେଇ କାଉନସିଲ୍ ମିଟିଂ ଆୟୋଜିତ କରାଯାଇ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି କୁହାଯାଇଛି ।

## କୌଣସି ଧର୍ମ ପ୍ରଦୂଷଣକୁ ପ୍ରୋତ୍ସାହିତ କରେ ନାହିଁ: ସୁପ୍ରିମକୋର୍ଟ

ନୂଆଦିଲ୍ଲୀ,୧୧।୧୧(ପି.ଏନ): ବାଣଫୁଟା ଉପରେ ଲାଗୁ ହୋଇଥିବା ନିଷେଧାଦେଶକୁ ଗୁରୁତର ଭାବେ ଗ୍ରହଣ ନ କରିଥିବାରୁ ସୁପ୍ରିମକୋର୍ଟ ଦିଲ୍ଲୀ ପୁଲିସକୁ ଭର୍ତ୍ସନା କରିଛନ୍ତି। ସୁପ୍ରିମକୋର୍ଟ କହିଛନ୍ତି ବାଣଫୁଟା ଉପରେ ନିଷେଧାଦେଶ ସମ୍ପୂର୍ଣ୍ଣ ରୂପେ କାର୍ଯ୍ୟକାରୀ କରାଯାଇ ନାହିଁ ଏବଂ ଏହା କେବଳ ଲୋକ ଦେଖାଣିଆ ଭାବେ କରାଯାଇଛି ।ସୁପ୍ରିମକୋର୍ଟ ଦିଲ୍ଲୀ ପୁଲିସକୁ ଏହି ଆଦେଶକୁ ସମ୍ପୂର୍ଣ୍ଣ ପାଳନ ପାଇଁ ଏକ ସ୍ୱତନ୍ତ୍ର ସେଲ୍ ଗଠନ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଲାଇସେନ୍ସ ବିନା କେହି ବାଣ ତିଆରି ଏବଂ ବିକ୍ରୟ କରିପାରିବେ ନାହିଁ ବୋଲି ନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ସୁପ୍ରିମକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ମନ୍ତବ୍ୟ ଦେଇ କହିଛନ୍ତି, ବିଶ୍ୱାସ କରାଯାଏ ଯେ କୌଣସି ଧର୍ମ ଏଭଳି କୌଣସି କାର୍ଯ୍ୟକଳାପକୁ ପ୍ରୋତ୍ସାହିତ କରେ ନାହିଁ ଯାହା ପ୍ରଦୂଷଣକୁ ବଢ଼ାଇଥାଏ କିମ୍ବା ଲୋକଙ୍କ ସ୍ୱାସ୍ଥ୍ୟକୁ କ୍ଷତି ପହଞ୍ଚାଇଥାଏ। ବିଚାରପତି ଅଭୟ ଏସ୍ ଓକ ଏବଂ ଜଷ୍ଟିସ ଅଗଷ୍ଟିନ ଜର୍ଜ ମସିହଙ୍କୁ ନେଇ ଗଠିତ ଏକ ବେଞ୍ଚ୍ କହିଛନ୍ତି ଯଦି ଏଭଳି ଭାବେ ବାଣଫୁଟା ଜାରି ରହେ ତେବେ ଏହା ନାଗରିକଙ୍କ ସ୍ୱାସ୍ଥ୍ୟ ସମ୍ପର୍କିତ ମୌଳିକ ଅଧିକାର ଉପରେ ପ୍ରଭାବ ପକାଇବ। ଦିଲ୍ଲୀ ସରକାର ଦୀପାବଳି ପୂର୍ବରୁ ବାଣଫୁଟାକୁ ନିଷିଦ୍ଧ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ତଥାପି, ଏହା ସତ୍ତ୍ୱେ ଦୀପାବଳିରେ ବହୁ ସଂଖ୍ୟକ ବାଣଫୁଟା ହୋଇଥିଲା। ଅନେକ ସ୍ଥାନରେ ଏହାର କୌଣସି ପ୍ରଭାବ ପଡ଼ି ନ ଥିଲା। ଏନେଇ ଦିଲ୍ଲୀ ପୁଲିସ କମିସନର ଏକ ସତ୍ୟପାଠ ଦାଖଲ କରି ସୁପ୍ରିମକୋର୍ଟଙ୍କୁ କହିଛନ୍ତି ଯେ ବାଣ ତିଆରି ସମ୍ପର୍କରେ କ'ଣ ପଦକ୍ଷେପ ନିଆଯାଇଛି।ତେବେ ଏହି ସତ୍ୟପାଠ ନେଇ ସୁପ୍ରିମକୋର୍ଟ ସନ୍ତୁଷ୍ଟ ହୋଇ ନ ଥିଲେ। ଦିଲ୍ଲୀ ପୁଲିସ ଉପରେ ଅସନ୍ତୋଷ ବ୍ୟକ୍ତ କରି ସୁପ୍ରିମକୋର୍ଟ କହିଛନ୍ତି ଯେ ଆପଣ କେବଳ କଞ୍ଚାମାଲ ଜବତ କରି ଦେଖାଉଛନ୍ତି। ବାଣଫୁଟା ଉପରେ ପ୍ରତିବନ୍ଧକ ଗୁରୁତ୍ତର ଭାବେ କାର୍ଯ୍ୟକାରୀ କରାଯାଇ ନାହିଁ।

## ସୁରକ୍ଷାକର୍ମୀଙ୍କ ଗୁଳିରେ ୧୧ କୁକି ଉଗ୍ରବାଦୀ ନିହତ

ଭୁବନେଶ୍ୱର,୧୧।୧୧(ପିଏନ): ଆଦିବାସୀ ଓ ଅଣଆଦିବାସୀଙ୍କ ସଂଘର୍ଷ ଯୋଗୁ ଅଶାନ୍ତ ହୋଇପଡିଥିବା ମଣିପୁରରେ ଆଜି ସୁରକ୍ଷାକର୍ମୀଙ୍କୁ ବଡ ସଫଳତା ମିଳିଛି। ସୁରକ୍ଷାକର୍ମୀଙ୍କ ଗୁଳିରେ ଟଳିଛନ୍ତି ୧୧ ସନ୍ଦିଗ୍ଧ କୁକି ଉଗ୍ରବାଦୀ। ସେମାନଙ୍କ ନିକଟରୁ ବିପୁଳ ପରିମାଣର ଅସ୍ତ୍ରଶସ୍ତ୍ର ମିଳିଛି। ମଣିପୁରର ଜିରିବାମ ଜିଲ୍ଲାରେ କୁକି ଉଗ୍ରବାଦୀମାନେ ଗୋଟିଏ ପୁଲିସ ଷ୍ଟେସନ ଉପରେ ଉଭୟ ପାର୍ଶ୍ୱରୁ ହମଲା କରିଥିଲେ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟା ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। 'ବିବି ହୋ ଐସି'ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ 'ବଜରଙ୍ଗୀ ଭାଇଜାନ୍' ଓ 'ପ୍ରେମରତନ ଧନ ପାୟୋ' ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

## ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା 'ବିଶ୍ୱକର୍ମା'

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।



ବିଶ୍ୱକର୍ମା ବିଶ୍ୱର ବିଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନୀୟନ୍ତା , ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା । ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୁଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୁମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା'ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ "ଦି ଇଣ୍ଟରଭ୍ୟୁ ଟାଇମ୍ସ" ପରିବାର ତରଫରୁ ସମ୍ମାନଜନକ "ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି" ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସ୍ୱତନ୍ତ୍ର ସଂଖ୍ୟା "ଭିଜନ୍ ଅଫ୍ ଓଡ଼ିଶା-୨୦୧୯" ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

## ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

## ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଲିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ସାହିତ୍ୟ ସାରଥି-ଗୌରୀଶଙ୍କର

ଓଡ଼ିଆ ଜାତି ଦାରୁଣ ସଙ୍କଟର ସମ୍ମୁଖୀନ ହୋଇ ଅତ୍ୟାଚାର, ଅନ୍ୟାୟ, ଅନୀତି, ପରାଧୀନତାରେ ସଢ଼ୁଥିବା ବେଳେ ଉତ୍କଳର ପ୍ରାଣ, ପ୍ରଜ୍ଞାପୁରୁଷ ସାହିତ୍ୟ ସାରଥୀ ପ୍ରବୀଣ ସାମ୍ବାଦିକ କର୍ମବୀର ଗୌରୀଶଙ୍କର କଟକ ଜିଲ୍ଲାର ଦାକ୍ଷିତ ପଡାରେ ୧୮୩୮ ମସିହା ଜୁଲାଇ ୧୩ ତାରିଖ ଆଷାଢ ମାସ ଶୁକ୍ଳ ପକ୍ଷ ଚତୁର୍ଦ୍ଦଶୀ ତିଥିରେ ପିତା ସଦାଶିବ ରାୟ ଓ ମାତା ଅନ୍ନପୂର୍ଣ୍ଣା ଦେବୀଙ୍କ କୋଳ ମଣ୍ଡନ କରିଥିଲେ। ତାଙ୍କର ପୂର୍ବପୁରୁଷମାନେ ଷୋଡଶ ଶତାବ୍ଦୀରେ ବର୍ଦ୍ଧମାନ ଜିଲ୍ଲାସ୍ଥ ଚମ୍ପାପୁରରୁ ଆସି ଓଡିଶାର ଦାକ୍ଷିତ ପଡାରେ ବାସ କରୁଥିଲେ। ତାଙ୍କ ସାଙ୍ଗିଆ ଥିଲା ବସୁ ବା ବୋଷ ପରେ ସେ ରାୟ ଭାବରେ ପରିଚିତ ହେଲେ। ଶିବ ପାର୍ବତୀଙ୍କ ଆଶୀର୍ବାଦରେ ଜନ୍ମ ହୋଇଥିବାରୁ ତାଙ୍କର ନାମ ଗୌରୀଶଙ୍କର ରଖାଯାଇଥିଲା।

ପିଲାଦିନେ ଗୌରୀଶଙ୍କର ଗାଁ ଚାଟଶାଳିରେ ଓଡିଆ ଭାଷା ଶିକ୍ଷା ଆରମ୍ଭ କରିଥିଲେ, ପରେ ସେ ସରକାରୀ ଭାଷା ପାର୍ସୀକୁ ଗୁରୁ ମକ୍ତବର ଅଖୁନ୍‌ଜୀଙ୍କଠାରୁ ଶିକ୍ଷା କରିଥିଲେ। ରେଭେନ୍ସା କଲିଜିଏଟ୍ ବିଦ୍ୟାଳୟରୁ ଏଣ୍ଟ୍ରାସ ପରୀକ୍ଷାରେ କୃତିତ୍ୱ ପ୍ରଦର୍ଶନ କରି ବୃତି ପାଇ ଉଚ୍ଚଶିକ୍ଷା ନିମନ୍ତେ କଟକରୁ ହୁଗୁଳି ଯାତ୍ରା କରିଥିଲେ। ବାପାଙ୍କ ଆଦେଶରେ ଗୌରୀଶଙ୍କର ହୁଗୁଳିରୁ କଟକ ଫେରି କକା ଭବାନୀ ପ୍ରସାଦଙ୍କ ପରାମର୍ଶ କ୍ରମେ ବାଲେଶ୍ୱର ସ୍କୁଲରେ ତୃତୀୟ ଶିକ୍ଷକ ଭାବେ ମାସିକ ୨୦ ଟଙ୍କା ଦରମାରେ ନିଯୁକ୍ତ ହେଲେ। ସେହି ସମୟରେ ସେ ସ୍କୁଲରେ ରାଧାନାଥ ରାୟ ଓ ବୈକୁଣ୍ଠ ନାଥ ଦେ ପାଠ ପଢୁଥିଲେ। ୧୮୫୯ ମସିହାରେ କମିସନରଙ୍କ ଅଫିସରେ ଜଣେ ଅମଲା ଭାବେ ନିଯୁକ୍ତ ହେଲେ। କମିଶନର ମି. ଜି.ଏଫ୍ କକବର୍ଣ ତାଙ୍କ କାର୍ଯ୍ୟଦକ୍ଷତାରେ ସନ୍ତୁଷ୍ଟ ହୋଇ ସ୍ଥାୟୀ କିରାଣି ପଦରେ ନିଯୁକ୍ତ କରିଥିଲେ। ଗୌରୀଶଙ୍କର ମନିଅର୍ଡର ଏଜେଣ୍ଟ ଓ ଟ୍ରେଜେରୀ କିରାଣି ଷ୍ଟାଫ୍ ଭାବରେ କାମ କରୁଥିବା ସମୟରେ ଜଏଣ୍ଟ ମାଜିଷ୍ଟ୍ରେଟ ଆମଷ୍ଟ୍ରଙ୍ଗ୍ ସାହେବଙ୍କ ମନିଅର୍ଡରକୁ ସମୟ ଗଡିଯାଇଥିବାରୁ ଫେରାଇ ଦେଇଥିଲେ। ଏହି କଥାରେ ଆମଷ୍ଟ୍ରଙ୍ଗ୍ ରାଗିଥିଲେ ମଧ୍ୟ ପରେ ଗୌରୀଶଙ୍କରଙ୍କର ମହାନତା ପାଖରେ ହାର ମାନିଥିଲେ। ୧୨ ବର୍ଷ କିରାଣି ପଦବୀରେ କାର୍ଯ୍ୟ କରିବା ପରେ କଟକ ଅଦାଲତରେ ଟ୍ରାନ୍ସଲେଟର ପୋଷ୍ଟରେ ମି ମାକ୍ ଫରସନ୍ ମାସିକ ୧୦୦ଟଙ୍କା ଦରମାରେ ନିଯୁକ୍ତି ଦେଲେ। ଉକ୍ତ ଚାକିରିରେ ପ୍ରାୟ ୨୦ ବର୍ଷ ସେ କାମ କରିଥିଲେ। ଗୌରୀଶଙ୍କର ରଘୁନାଥପୁର ମାଣିକରାମ ମିତ୍ରଙ୍କ କନ୍ୟାଙ୍କୁ ବୈଦିକ ରୀତିରେ ବିବାହ କରିଥିଲେ। ତାଙ୍କର ଦାମ୍ପତ୍ୟ ଜୀବନ ସୁଖମୟ ଥିଲେ ମଧ ତାଙ୍କ ଔରସରୁ ଜନ୍ମିତ ପୁଅମାନଙ୍କର ଅକାଳ ବିୟୋଗ ଘଟିଥିଲା, କେବଳ ତିନୋଟି କନ୍ୟା ସନ୍ତାନ ଜୀବିତ ଥିଲେ । ୧୮୭୫ ମସିହାରେ ତାଙ୍କ ପତ୍ନୀଙ୍କର ବିୟୋଗ ଘଟିଲା। ସେ ପୁନଃ ବିବାହ ନକରି ବ୍ରହ୍ମଚାରୀ ଜୀବନ ଅତିବାହିତ କଲେ।

ନଅଙ୍କ ଦୁର୍ଭିକ୍ଷ ସମୟରେ ଗୌରୀଶଙ୍କର ଦେବଦୂତ ପରି ଓଡ଼ିଆମାନଙ୍କୁ ଜୀଇଁବାକୁ ରାହା ଦେଖାଇଥିବାରୁ ତାଙ୍କର ଲିଖିତ ଅଭିଯୋଗ ମି. ଜର୍ଜ. କାଂପେଲ ଖଜଣା ଛାଡ଼ କରିବା ଓ ବନ୍ଦୋବସ୍ତର ମିଆଦ ୩୦ବର୍ଷକୁ ବଢାଇ ଦେଇଥିଲେ। ନଅଙ୍କ ଦୁର୍ଭିକ୍ଷର ଭୟାବହତାର ଅନୁଭବ ଗୌରୀଶଙ୍କରଙ୍କୁ ବ୍ୟଥିତ କଲା। ଗୌରୀଶଙ୍କର, ବିଚିତ୍ରାନନ୍ଦ ଦାସ, ଜଗମୋହନ ରାୟ ତିନିଜଣ ମିଳିତ ହୋଇ ୭୫୦୦ ଟଙ୍କାରେ କଟକ ପ୍ରିଣ୍ଟିଂ ପ୍ରେସ୍ ପ୍ରତିଷ୍ଠା କରିଥିଲେ। ଏହାପୂର୍ବରୁ ଖ୍ରୀଷ୍ଟଧର୍ମ ସମ୍ପର୍କିତ ପୁସ୍ତକ ଛାପା ପାଇଁ ମିଶନ ପ୍ରେସ ନାମକ ଏକ ପ୍ରେସ୍ ଓଡ଼ିଶାରେ ଥାଏ। କଟକ ପ୍ରିଣ୍ଟିଂ କମ୍ପାନୀର ଗୌରୀଶଙ୍କର ସେକ୍ରେଟେରି ଓ ପରିଚାଳକ ଥିଲେ। ଓଡ଼ିଆ ପାଂକ୍ତିକୁ ପ୍ରଥମ ଥର ପାଇଁ କଟକ ପ୍ରିଣ୍ଟିଂ କମ୍ପାନୀ ପ୍ରକାଶ କଲା। ତା'ପରେ ସିଦ୍ଧାନ୍ତ ଦର୍ପଣ। ଗୌରୀଶଙ୍କରଙ୍କ ପ୍ରଚେଷ୍ଟାରେ କଟକ ପ୍ରିଣ୍ଟିଂ ପ୍ରେସ୍ ସମଗ୍ର ଓଡ଼ିଶାର ସଂସ୍କୃତିକ, ସାହିତ୍ୟିକ, କଳା, ଭାସ୍କର୍ଯ୍ୟ ଓ ରାଜନୈତିକ ଆଲୋଚନା ଓ କ୍ରିୟାକଳାପର କେନ୍ଦ୍ରସ୍ଥଳୀ ପାଲଟିଗଲା। ୧୮୬୬ ମସିହା ଅଗଷ୍ଟ ମାସରୁ ଉତ୍କଳ ଦୀପିକା ପ୍ରକାଶ ପାଇଲା। 'ଉତ୍କଳ ଦୀପିକା' ଉତ୍କଳ ଭାଷାର ସୁରକ୍ଷା, ରାଜା ପ୍ରଜାଙ୍କର ମତ ଓ ସାମାଜିକ ସ୍ଥିତି ଉପରେ ଗୁରୁତ୍ୱ ଆରୋପ କରି ଉତ୍କଳ ମୁଖପତ୍ରରୂପେ ରାଜଦ୍ୱାରରେ ଗୃହିତ ହେଉଥିଲା। ଦୀର୍ଘ ୫୦ ବର୍ଷ ଧରି ଗୌରୀଶଙ୍କର 'ଉତ୍କଳ ଦୀପିକା'ର ପ୍ରତିଷ୍ଠାତା ସମ୍ପାଦକ ଭାବେ କାର୍ଯ୍ୟ କରୁଥିଲେ। 'ଉତ୍କଳ ଦୀପିକାରେ' ଗଳ୍ପ, କବିତା, ପ୍ରବନ୍ଧ, ଇତିହାସ, ରାଜନୈତିକ କାର୍ଯ୍ୟକଳାପ ଆଦି ବିଭିନ୍ନ ଦିଗ ଉପରେ ସାରଗର୍ଭକ ଆଲୋଚନାମୂଳକ ଲେଖାମାନ ପ୍ରକାଶ ପାଉଥିଲା। ପଣ୍ଡିତ ଗୋବିନ୍ଦ ରଥ ଗୌରୀଶଙ୍କରଙ୍କ ସହାୟତାରେ ଅନେକ ଲେଖକମାନଙ୍କୁ ନେଇ ପାଠ୍ୟପୁସ୍ତକ ରଚନା କରିଥିଲେ ।

'ଓଡ଼ିଶା ଆସୋସିଏସନ୍' ବା ଉତ୍କଳ ସଭାର ଗୌରୀଶଙ୍କର ଥିଲେ ସମ୍ପାଦକ। ଏହି ସଭା ମାଧ୍ୟମରେ ଓଡ଼ିଶା ଓ କଟକର ହିତକଳ୍ପେ ବିଭିନ୍ନ ବିଷୟମାନ ଉପରେ ଧ୍ୟାନ ଦିଆଯାଉଥିଲା। ଗୌରୀଶଙ୍କର ୧୯୦୫ ମସିହାରେ ଏହି ସଭା କାର୍ଯ୍ୟରୁ ଅବସର ଗ୍ରହଣ କରିଥିଲେ। ଗୌରୀଶଙ୍କର ରାୟ ବାହାଦୁର, ଗୋକୁଳା ନନ୍ଦ ଚୌଧୁରି ଓ କେତେଜଣ ବିଶିଷ୍ଟ ବ୍ୟକ୍ତି ମିଶି 'ଓଡ଼ିଆ ଲୋକସଭା' ନାମକ ଏକ ନୂତନ ଦଳ ଗଠନ କରିଥିଲେ। ଜାତୀୟ ମହାସଭା ବା କଂଗ୍ରେସ ସହିତ ଉତ୍କଳର ସମ୍ବନ୍ଧ ଦୃଢ ରଖିବା ପାଇଁ ସେ ପ୍ରତିବର୍ଷ ଉକ୍ତ ମହାସଭାକୁ ଉତ୍କଳ ସଭାରୁ ପ୍ରତିନିଧି ପ୍ରେରଣାର ପକ୍ଷପାତି ଥିଲେ। ସେ ଜାତୀୟ ମହାସଭାରେ ଯୋଗଦାନକୁ ମହାନ ପୂଣ୍ୟ କାର୍ଯ୍ୟ ମନେକରୁଥିଲେ। ୧୯୧୫ ମସିହାରେ ସୁଦୂର କରାଚି ଅଧିବେଶନକୁ ଯାତ୍ରା କରିଥିଲେ ଜରାଜୀର୍ଣ୍ଣ ଦେହରେ।

ସଙ୍ଗୀତ ଓ ଲୋକସାହିତ୍ୟକୁ ଦୀର୍ଘସ୍ଥାୟୀ କରିବା ପାଇଁ ଗୌରୀଶଙ୍କର ଧନ ମନ ନିୟୋଜିତ କରିଥିଲେ। ସେ ପ୍ରାଚୀନ କାବ୍ୟ ଓ ସୁନ୍ଦର ଛାନ୍ଦମାନ ରଚନା କରି ସୁମଧୁର କଣ୍ଠରେ ବୋଲିପାରୁଥିଲେ। ସେ ପ୍ରତି ସପ୍ତାହର ମଙ୍ଗଳ ବାର ଓ ଶନିବାରରେ ପ୍ରିଣ୍ଟିଂ କମ୍ପାନୀର ଦ୍ୱିତଳ ଗୃହରେ ପାଲା ଗାୟକ, ସଙ୍ଗୀତଜ୍ଞ, ବାଦକ ଓ ମିତ୍ରମାନଙ୍କୁ ନେଇ ଏକ ବନ୍ଧୁ ମିଳନ କାର୍ଯ୍ୟ କରୁଥିଲେ। ଆମନ୍ତ୍ରିତ ବନ୍ଧୁମାନଙ୍କୁ ସେ ସମ୍ମାନର ସହିତ ଉପାଦେୟ ଭୋଜନାଦି ପୂର୍ବକ ଉତରୀୟ ପ୍ରଦାନ କରୁଥିଲେ। ଏହି ସଭାରେ ଆଶୁକବିମାନଙ୍କୁ ଉଚ୍ଚ ପ୍ରଶଂସା କରୁଥଲେ। ସଙ୍ଗୀତ ଶିକ୍ଷା ଓ ଶ୍ରବଣ ଦ୍ୱାରା ଆତ୍ମା ପରମସୁଖ ଓ ଶାନ୍ତି ପ୍ରାପ୍ତ ହେବ ବୋଲି ତାଙ୍କର ଦୃଢବିଶ୍ୱାସ



ଥିଲା। ନାରୀ ସୃଷ୍ଟିକର୍ତ୍ରୀ ଓ ସନ୍ତାନର ପ୍ରଥମ ଗୁରୁ। ତେଣୁ ଗୌରୀଶଙ୍କର ନାରୀଶିକ୍ଷାକୁ ଗୁରୁତ୍ୱ ଦେବାପାଇଁ ୧୮୬୮ ମସିହାରେ ଏକ ଚାଳଘରେ ଛଅ ସାତ ଜଣ ବାଳିକାଙ୍କୁ ନେଇ, କଟକ ହିନ୍ଦୁ ବାଳିକା ବିଦ୍ୟାଳୟ ସ୍ଥାପିତ କରିଥିଲେ। ପରବର୍ତୀ ମୁହୂର୍ତରେ ତାହା ରେଭେନ୍ସା ହିନ୍ଦୁ ବାଳିକା ବିଦ୍ୟାଳୟରେ ନାମିତ ହେଲା। କୁମାରୀ ସରଳା ଦେବୀ ଝିଅମାନଙ୍କ ନିମନ୍ତେ ଏକ ସ୍ୱତନ୍ତ୍ର ଶିକ୍ଷା ପ୍ରଣାଳୀ ପରିବର୍ତନର ପରାମର୍ଶ ଗୌରୀଶଙ୍କରଙ୍କୁ ଦେଇଥିଲେ। ସେହି ନିୟମ ଅନୁସାରେ ପ୍ରଥମ ବର୍ଷ ଅକ୍ଷର, ଦ୍ୱିତୀୟ ବର୍ଷ ଅଙ୍କ, ସଙ୍ଗୀତ ଓ କ୍ରୀଡ଼ା ଶିକ୍ଷା ଦିଆଯିବ। ତୃତୀୟ ବର୍ଷ ଘରକରଣାର ହିସାବପତ୍ର, ହିନ୍ଦୀ କହିବା ଓ ବୁଝିବା, ସିଲାଇ ଆଦି ଶିକ୍ଷା ଦିଆଗଲା। ଚତୁର୍ଥ ବର୍ଷରେ ବ୍ୟାକରଣ, ଭୂଗୋଳ, ହିନ୍ଦୀ ପାଠ, ଚିତ୍ର, ନକ୍ସା, ରନ୍ଧନ, ସ୍ୱାସ୍ଥ୍ୟ ବିଜ୍ଞାନ ଉପରେ ଗୁରୁତ୍ୱ ଦିଆଗଲା। ପଂଚମ ବର୍ଷରେ ଇଂରେଜୀ ସଂଯୋଜନା ଉପରେ ନକ୍ସା ଦିଆଗଲା। ଷଷ୍ଠ ବର୍ଷରେ ସଂସ୍କୃତ ଜ୍ଞାନରେ ତାଲିମ ଦିଆଗଲା। ସପ୍ତମ ବର୍ଷରେ ମୌଳିକ ଚିକିତ୍ସା ଉପରେ ଗୁରୁତ୍ୱ ଦିଆଗଲା। ଗୌରୀଶଙ୍କର ପୌରାଣିକ ଉପାଖ୍ୟାନ, ଐତିହାସିକ ବୀତତ୍ୱ, ସାମାଜିକ ମୂଲ୍ୟବୋଧକୁ ନେଇ ସେହି ପାଠ୍ୟକ୍ରମ ମାଧ୍ୟମରେ ନାରୀମାନଙ୍କୁ ଶିକ୍ଷାଦେବା ପାଇଁ ପ୍ରଚେଷ୍ଟା କରିଥିଲେ। ୧୮୭୦ ମସିହାରେ ଗୌରୀଶଙ୍କର ବ୍ରାହ୍ମଧର୍ମ ଗ୍ରହଣ କରିଥିଲେ। ଜୀବନର ଶେଷ ପର୍ଯ୍ୟନ୍ତ ସେ କଟକ ବ୍ରହ୍ମ ମନ୍ଦିରର ଅନ୍ୟତମ ଟ୍ରଷ୍ଟି ଥାଇ ଏହାର ରକ୍ଷା ଓ ଉନ୍ନତି ପାଇଁ ଚିନ୍ତା ଓ ଯତ୍ନ କରୁଥିଲେ। ବସ୍ତୁତଃ ଗୌରୀଶଙ୍କର ବ୍ରାହ୍ମଧର୍ମ ଓ ବ୍ରହ୍ମୋପାସନାକୁ ସନାତନ ଧର୍ମର ସାର ଓ ଶ୍ରେଷ୍ଠ ଅଙ୍ଗ ବୋଲି ମନେକରୁଥିଲେ। ଜନସାଧାରଣଙ୍କ ଉପକାର ସକାଶେ ସେ କଟକରେ ଟାଉନ ହଲ୍ ନିର୍ମାଣ କରିଥିଲେ।

୧୯୦୫ ମସିହାରେ କାୟସ୍ଥମାନଙ୍କ କ୍ଷତ୍ରିୟତ୍ୱ ପ୍ରତିପାଦନ ନିମନ୍ତେ ବଙ୍ଗ ଦେଶରେ ଆନ୍ଦୋଳନ ଆରମ୍ଭ ହେଲା। ସେ ସମୟରେ ଗୌରୀଶଙ୍କର କଟକରେ କାୟସ୍ଥ ସଭାର ସଭାପତି ଥିଲେ। କାୟସ୍ଥମାନେ ଗୌରୀଶଙ୍କରଙ୍କ ନେତୃତ୍ୱରେ ଉପବୀତ ଧାରଣ କଲେ। ସେଥିପାଇଁ କାୟସ୍ଥ ସମାଜ ତାଙ୍କୁ ସମାଜଚ୍ୟୁତ କରିଥିଲା। ଏକବର୍ଷ ପରେ କାୟସ୍ଥ ସଭା ପୁଣି ସ୍ୱେଚ୍ଛାକ୍ରମେ ସାଧାରଣସଭା ଆହ୍ୱାନ କରି ଗୌରୀଶଙ୍କରଙ୍କୁ ଆପ୍ୟାୟିତ କରିଥିଲେ ଓ ସମାଜଚ୍ୟୁତ ରଦ୍ଦ କରିଥିଲେ। ଗୌରୀଶଙ୍କରଙ୍କ ନାତୁଣୀ ଶ୍ରୀମତୀ ଶୈଳବାଳା ଅଳ୍ପ ବୟସରେ ବିଧବା ହୋଇଥିଲେ। ଗୌରୀଶଙ୍କର ଶୈଳବାଳାକୁ ସ୍ୱଗୃହକୁ ଆଣି ବାଳିକା ବିଦ୍ୟାଳୟରେ ତାହାର ପଢାପଢିର ବ୍ୟବସ୍ଥା କରିଥିଲେ। ଗୌରୀଶଙ୍କରଙ୍କୁ ସାମାଜିକ ନିର୍ଯାତନାର ଭୟ ଦେଖାଇ ଉକ୍ତ କାର୍ଯ୍ୟରୁ ବିରତ ପାଇଁ କାୟସ୍ଥମାନେ ଚେଷ୍ଟା କରିଥିଲେ। ଗୌରୀଶଙ୍କର ତାଙ୍କ ନୀତିରେ ଅଟଳ ରହିଥିଲେ। ୧୯୧୬ ମସିହାରେ ଗୌରୀଶଙ୍କର ରାୟ ବାହାଦୂର ଉପାଧି ପାଇଥିଲେ।

୧୯୧୭ ମସିହା ମାର୍ଚ୍ଚ ମାସ ୫ ତାରିଖ ପ୍ରେସ୍ ଘରେ ହଠାତ୍ ସଂଜ୍ଞାହୀନ ହୋଇପଡ଼ିଲେ, ମାର୍ଚ୍ଚ ୭ ତାରିଖ ରାତ୍ର ୯.୩୦ ମିନିଟ୍‌ରେ ଓଡ଼ିଆ ଜାତିର କର୍ମପୁରୁଷ, ଓଡ଼ିଆ ଭାଷାର ପ୍ରାଣକେନ୍ଦ୍ର, ବାଗ୍ମୀ ପୁରୁଷ ସବୁଦିନ ପାଇଁ ଆଖି ବୁଜିଦେଲେ। ଗୌରୀଶଙ୍କରଙ୍କ ଅମ୍ଲାନ ପ୍ରତିଭା ତଥା କୀର୍ତି ତାଙ୍କୁ ଚିରଅମର କରି ରଖିବ। ଏ ଜାତି ଏ ଭାଷା ବଂଚିଥିବା ପର୍ଯ୍ୟନ୍ତ ତାଙ୍କର ଗୁଣଗାନ ଜୟ ଜୟକାର କରୁଥିବ।

# ଅଳିଆଗଦାରେ ପଡ଼ିଛି ଶିଳ୍ପ ନିରାପତ୍ତା ଆଇନ !

କେବଳ ଓଡ଼ିଶା ପାଇଁ ନୁହେଁ ସମଗ୍ର ଭାରତବର୍ଷର ଛୋଟଠାରୁ ବଡ଼ ପର୍ଯ୍ୟନ୍ତ ସମସ୍ତ ଶିଳ୍ପ ସମ୍ବନ୍ଧୀୟ କଳକାରଖାନା ପାଇଁ କଠୋର ଆଇନ ରହିଛି। ଶିଳ୍ପଜନିତ ଶ୍ରମିକଙ୍କ ସୁରକ୍ଷାକୁ ଅଗ୍ରାଧିକାର ଭିତ୍ତିରେ ମାନିବା ପାଇଁ ବିଭିନ୍ନ ସମୟରେ ଆଇନର ତର୍ଜମାକୁ କଠୋର ବି କରାଯାଇଛି। ମାନ୍ୟବର ସୁପ୍ରିମକୋର୍ଟଙ୍କଠାରୁ ହାଇକୋର୍ଟ ପର୍ଯ୍ୟନ୍ତ ବିଭିନ୍ନ ସମୟରେ ଶିଳ୍ପ ନିରାପତ୍ତା ଆଇନ ମାମଲାରେ ନିରପେକ୍ଷ ତଦନ୍ତ ସହ କଠୋର ଓ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ପାଇଁ ପ୍ରଶାସନକୁ କଡ଼ାକଡ଼ି ନିର୍ଦ୍ଦେଶ ବି ଦିଆଯାଇଛି। ୧୯୯୪ର ଅଗ୍ରୱାଲ ଇଣ୍ଡଷ୍ଟ୍ରିଜ୍ ବନାମ ମହାରାଷ୍ଟ୍ରର ସରକାର ମାମଲାଠାରୁ ୨୦୧୨ର ପଶ୍ଚିମବଙ୍ଗ ସରକାର ବନାମ ସିଂ ଟ୍ରେଡ଼ର୍ସ ଆଲଏଜ୍ ମାମଲାରେ ମାନ୍ୟବର ସୁପ୍ରିମକୋର୍ଟ ନିରୀହ ଶ୍ରମିକଙ୍କୁ ଯୂପକାଠିର ବଳିବୋଦା କରାଯାଉଥିବା ନେଇ ଘୋର ଉଦ୍‌ବେଗ ପ୍ରକାଶ କରି ଯେଉଁ କଡ଼ା ନିର୍ଦ୍ଦେଶାବଳୀ ଜାରି କରିଥିଲେ ତାହାକୁ ଭାରତର ଅଧିକାଂଶ ଛୋଟବଡ଼ ଶିଳ୍ପସଂସ୍ଥାମାନେ ଫୁତ୍‌କାରରେ ଉଡାଇ ଦେଇଛନ୍ତି। ପ୍ରକାରାନ୍ତରେ କହିବାକୁ ଗଲେ ଶିଳ୍ପ ନିରାପତ୍ତା ଆଇନ ଅଳିଆଗଦାରେ ହିଁ ପଡ଼ିରହିଛି। ଦିନକୁ ଦିନ ଶିଳ୍ପ ପ୍ରଗତିକୁ ଅଗ୍ରାଧିକାର ଦିଆଯାଉଥିବାରୁ ଶିଳ୍ପ କାରଖାନା ଛତୁ ଫୁଟିଲା ପରି ଗଢ଼ି ଉଠୁଛି। କିନ୍ତୁ ସରକାରୀ ପ୍ରଣୀତ ଆଇନକୁ ପଛରେ ପକାଇ ଏହି କଳକାରଖାନାର କର୍ତ୍ତୃପକ୍ଷ ନା ଆଇନକୁ ମାନୁଛନ୍ତି ନା ଶ୍ରମିକଙ୍କୁ ବୈଷୟିକ ତାଲିମ ଦେଉଛନ୍ତି। କେବଳ ସେତିକି ନୁହେଁ ସରକାରଙ୍କୁ ପ୍ରଭାବିତ କରି ନିୟମିତ ଅନୁଧ୍ୟାନ ଓ ଯାଞ୍ଚ ବ୍ୟବସ୍ଥାକୁ ରୋକିବାରେ ବି ସଫଳ ହେଉଛନ୍ତି। ବର୍ତ୍ତମାନ ସୁଦ୍ଧା ଓଡ଼ିଶାରେ ପାଖାପାଖି କାର୍ଯ୍ୟକ୍ଷମ ଅବସ୍ଥାରେ ଥିବା ଚାରିହଜାରରୁ ଊର୍ଦ୍ଧ୍ୱ ଛୋଟବଡ଼ ଶିଳ୍ପ କାରଖାନା କାର୍ଯ୍ୟକରୁଛି। ଏଥିରେ ଶ୍ରମିକ ଭାବେ କାର୍ଯ୍ୟକରୁଥିବା ଅଧିକାଂଶ ହେଉଛନ୍ତି ଦାରିଦ୍ର୍ୟ ପ୍ରପୀଡ଼ିତ ଯୁବକ, ବେକାରରେ ଛଟପଟ ହେଉଥିବା ଅଭାବୀ ଉଚ୍ଚଶିକ୍ଷିତ ପିଲା, ତଥା ଗ୍ରାମାଞ୍ଚଳ ଓ କୃଷିକ୍ଷେତ୍ରରୁ ଆସୁଥିବା ଅଣକୁଶଳୀ ଓ ଅନଭିଜ୍ଞ ଯୁବବର୍ଗ। ଦିନକୁ ଦିନ ରାଜ୍ୟରେ ଶିଳ୍ପ ପ୍ରଗତି ନାମରେ ଚଷାପୁଅର କ୍ଷତ ଉପରେ ଶିଳ୍ପର ଚିମିନ୍ ଧୂଆଁ ଉଠୁଥିବାରୁ ବେରୋଜଗାରୀ ଯୁବବର୍ଗମାନେ ଯାହା ପାଇଲେ ସନ୍ତୁଷ୍ଟ ନିଆଁରେ କମ୍ ମଜୁରୀରେ ଏହି ଶିଳ୍ପସଂସ୍ଥାରେ କାର୍ଯ୍ୟ କରୁଛନ୍ତି। ଏହି ଶ୍ରମଶକ୍ତି ହାତପାଆନ୍ତାରେ ଓ ଖୁବ୍ କମ୍ ମଜୁରୀରେ ମିଳିଯାଉଥିବାରୁ ପରବର୍ତ୍ତୀ ସମୟରେ ଶିଳ୍ପସଂସ୍ଥାମାନେ ସେମାନଙ୍କୁ ତାଲିମ ଦେବା ପାଇଁ ଉଚିତ୍ ନ ମଣି ବରଂ ସେମାନଙ୍କ ଜୀବନକୁ ତତଲା ଲୁହା ଭିତରକୁ ପୁରାଇ ଦେଉଥିବା ପରି ଅଭିଯୋଗ ବିଭିନ୍ନ ସମୟରେ ଗଣମାଧ୍ୟମରେ ଚର୍ଚ୍ଚିତ ଖବର ଭାବେ ପ୍ରକାଶ ପାଉଛି। କିଛିବର୍ଷ ତଳେ ଭାରତର ମହାଲେଖାକାର ଏଭଳି ପରିସ୍ଥିତି ପାଇଁ ଉଦ୍‌ବେଗ ପ୍ରକାଶ କରି ଶ୍ରମଜୀବୀଙ୍କୁ ବୈଷୟିକ ତାଲିମ ପ୍ରଦାନ ସହ ସେମାନଙ୍କ ଧନଜୀବନର ସୁରକ୍ଷା ପାଇଁ ବିଧିବଦ୍ଧ ଆଇନ ପ୍ରଣୟନ ପାଇଁ ସରକାରଙ୍କୁ ଯେଉଁ ପରାମର୍ଶ ଦେଇଥିଲେ, ତାହା ସରକାରୀ ନାଲିଫିତା ତଳେ ହିଁ ବନ୍ଧା ପଡ଼ିଯାଇଛି। ୨୦୦୬ରୁ ୨୦୦୮ ଦୁଇବର୍ଷ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଶିଳ୍ପସଂସ୍ଥାର ଶ୍ରମିକଙ୍କ ସୁରକ୍ଷାଜନିତ ପରିସ୍ଥିତିକୁ ତର୍ଜମା କରି ଭାରତର ମହାଲେଖାକାର ଯେଉଁ ରିପୋର୍ଟ ଦେଇଥିଲେ ତାହା ସରକାରଙ୍କ ଶୀତଳ ଭଣ୍ଡାରରେ ପଡ଼ିଛି। ଅବଶ୍ୟ ଏହାକୁ ଚାପିବା ପାଇଁ ଶିଳ୍ପସଂସ୍ଥାର ଅଦୃଶ୍ୟ ହାତର କରିସ୍ମା ହିଁ ଏସବୁ କିଛି ସମ୍ଭବ କରୁଥିବାର ଅଭିଯୋଗ ଉଠୁଛି।

ଶିଳ୍ପସଂସ୍ଥାର ଯାଞ୍ଚ ଓ ତନଖି ପାଇଁ ରାଜ୍ୟସରକାରଙ୍କ ଶ୍ରମ ବିଭାଗ ଓ ଫ୍ୟାକ୍ଟ୍ରି ଏଣ୍ଡ ବଏଲର ସେମାନଙ୍କ ଦାୟିତ୍ୱକୁ ସୁଚାରୁରୂପେ ସମ୍ପାଦନା କରୁନଥିବା ନେଇ ଖୋଦ୍ ମହାଲେଖାକାର ନିଜ ରିପୋର୍ଟରେ ଦର୍ଶାଇଛନ୍ତି। ଓଡ଼ିଶାରେ ଦୁଇବର୍ଷର ଶିଳ୍ପ ଅନୁଧାନ ସଂକ୍ରାନ୍ତ ମାମଲାରୁ ଯାହା ତଥ୍ୟ ବାହାରିଛି, ସେଥିରେ ପ୍ରକାଶ ପାଇଛି ଯେ ୩୨୭୬ ଥର ଯାଞ୍ଚ କରାଯିବାର ପ୍ରାସଙ୍ଗିକତା ଥିବାବେଳେ ମାତ୍ର ୯୯୩ ଥର ଯାଞ୍ଚ ହୋଇଛି। ପ୍ରତିଟି ଶିଳ୍ପସଂସ୍ଥାରେ ଜରୁରୀକାଳୀନ ରେସ୍‌ପନ୍ସ କେନ୍ଦ୍ର ଗଠନ କରିବା ପାଇଁ ସରକାରଙ୍କୁ ଯେଉଁ ପ୍ରସ୍ତାବ ଦିଆଯାଇଥିଲା ତାହାକୁ ଅଧିକାଂଶ ଶିଳ୍ପସଂସ୍ଥାମାନେ ମାନିନାହାଁନ୍ତି। ସେହିପରି ପାଞ୍ଚଶହରୁ ଊର୍ଦ୍ଧ୍ୱ ଶ୍ରମିକ କାର୍ଯ୍ୟରତ ଶିଳ୍ପ ସଂସ୍ଥାରେ ଜରୁରୀକାଳୀନ ଭାବରେ ଆମ୍ବୁଲାନ୍ସ ଓ ପ୍ରାଥମିକ ଚିକିତ୍ସା କେନ୍ଦ୍ର ଗଢ଼ିବାର ନିୟମକୁ ବି ଅଧିକାଂଶ ଶିଳ୍ପସଂସ୍ଥା ଗ୍ରହଣ କରିନାହାନ୍ତି। ନିକଟଅତୀତରେ ଭୂଷଣ ଇସ୍ପାତ କାରଖାନାରେ ଯେଉଁ ଭୟାବହ ବିସ୍ଫୋରଣରେ ଶ୍ରମଜୀବୀଙ୍କ ମୃତାହତ ପ୍ରସଙ୍ଗ ପରେ ଶିଳ୍ପ କାରଖାନାର ସୁରକ୍ଷା ଓ ଆଇନ ନେଇ ବିଭିନ୍ନ ଫୋରମ୍‌ରେ ପ୍ରଶ୍ନ ଉଠୁଛି । ଭୂଷଣ ମାମଲାରୁ ଯାହା ଜଣାଯାଇଛି ଏଠାରେ ୪୮ଟି ଅନୁବନ୍ଧିତ ନିର୍ମାଣ ଠିକା ସଂସ୍ଥା କାର୍ଯ୍ୟ କରୁଥିଲାବେଳେ ଅଣଅନୁବନ୍ଧିତ ସଂସ୍ଥାଙ୍କ ସଂଖ୍ୟା ଶତାଧିକରୁ ଊର୍ଦ୍ଧ୍ୱ। ଯାହାଦ୍ୱାରା ଦୁର୍ଘଟଣା ଦିନ ଶ୍ରମିକଙ୍କ ଉପସ୍ଥିତିର ତଥ୍ୟ ଦେବା ପାଇଁ ଭୂଷଣ କର୍ତ୍ତୃପକ୍ଷ ଟାଳଟୁଳ ନୀତି ଅବଲମ୍ବନ କରିଥିଲେ। ଶିଳ୍ପସଂସ୍ଥାରେ ଶ୍ରମିକଙ୍କ ନିରାପତ୍ତା ସୁରକ୍ଷା ସମ୍ବନ୍ଧୀୟ ଓଡ଼ିଶା ଫ୍ୟାକ୍ଟ୍ରିଜ୍ ରୁଲ ୧୯୫୯କୁ ଠିକ୍‌ଭାବେ ପାଳନ କରାଯାଉନାହିଁ ବୋଲି ବିଭିନ୍ନ ଟ୍ରେଡ୍ ୟୁନିୟନ ପକ୍ଷରୁ ଅଭିଯୋଗ ହେଉଛି। ରାଜ୍ୟରେ ଶିଳ୍ପ ଦୁର୍ଘଟଣାରେ ୧୯୯୬ରେ ମାତ୍ର ଚାରିଜଣ ମୃତ୍ୟୁଲାଭ କରିଥିବାବେଳେ ୨୦୦୯ରେ ୧୨୨ ଜଣଙ୍କର ମୃତ୍ୟୁ ହୋଇଛି । ସେହିପରି ରାଜ୍ୟର ଚାରୋଟି ଶିଳ୍ପ ଅଦାଲତ ଓ ଶ୍ରମ ଅଦାଲତରେ ପାଖାପାଖି ୬୩୪ଟି ମାମଲା ବିଚାରଧୀନ ରହିଛି। ପଶ୍ଚିମାଞ୍ଚଳ ପୌରନିର୍ବାଚନ ପାଇଁ ରାଜ୍ୟ ସରକାର ନିଜର କଳବଳ କୌଶଳକୁ ଲଗାଇ ଦେଇଥିବାରୁ ଭୂଷଣ ମାମଲାକୁ ଗମ୍ଭୀରତାର ସହ ନେଇ ନଥିବା ନେଇ ବିରୋଧୀ ଦଳଙ୍କ ଦାବୀ ହୋଇଥିଲା। ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ଭୂଷଣ ପରି ଭୟାବହ ଶିଳ୍ପ ବିସ୍ଫୋରଣ ମାମଲା ପରଠାରୁ ମୁଖ୍ୟମନ୍ତ୍ରୀ ଗଣମାଧ୍ୟମକୁ ପଦୁଟିଏ ବି ପ୍ରତିକ୍ରିୟା ଦେଇନାହାଁନ୍ତି। ପ୍ରାରମ୍ଭିକ ସମୟରେ ଭୂଷଣର ଦୁର୍ଘଟଣା ପାଇଁ ଶ୍ରମମନ୍ତ୍ରୀ ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ଶାସନ ସଚିବଙ୍କ ଆଡ଼କୁ ଆଙ୍ଗୁଠି ଉଠାଇଥିଲେ ବି ପରବର୍ତ୍ତୀ ସମୟରେ ସେ ବି ପୁରାପୁରି ନୀରବ। ସେହିପରି ବିଭିନ୍ନ ଦଳର ନେତାମାନେ ପ୍ରଥମେ ତୁମ୍ବିତୋଫାନ ଦେଖାଉଥିଲେ ବି ପରେ କିନ୍ତୁ ପୁରାପୁରି ମାମଲାରୁ ଉଭାନ ହୋଇଯାଇଛନ୍ତି। ଭୂଷଣର ଏହି ଭୟାନକ ମାମଲାକୁ ମାଡ଼ି ମକ୍‌ଚି ଦଳି ଦେବାକୁ କମ୍ପାନୀଠାରୁ ସରକାର ସମସ୍ତେ ହିଁ ଯେପରି ତତ୍ପର ତାହାକୁ ନେଇ ଗଣମାଧ୍ୟମରେ ବିଭିନ୍ନ ଖବର ପ୍ରକାଶ ପାଇଛି । ଯାହାଦ୍ୱାରା ଭୂଷଣର ୨୫୬ ମେଗାୱାଟ ବିଶିଷ୍ଟ ପାୱାର ପ୍ଲାଣ୍ଟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ଼ର ଅନୁମତି ନ ନେଇ ଚଳାଇବାର ଦୁଃସାହାସ କରିଛି। ଭୂଷଣର ବିସ୍ଫୋରଣର ପ୍ରସଙ୍ଗ ଶିଳ୍ପନିରାପତ୍ତା ଆଇନକୁ ଖୋଲାଖୋଲି ଜଳଜଳ କରି ସମସ୍ତଙ୍କୁ ହିଁ ଦେଖାଇ ଦେଉଛି। ପ୍ରଶାସନ ଓ ସରକାର ଏ ପ୍ରସଙ୍ଗକୁ ଚାପିଦେଲେ ରାଜ୍ୟରେ ପରବର୍ତ୍ତୀ ସମୟରେ ଭୂଷଣ ପରି ଭୟାନକ କାଣ୍ଡ କେତେ ନିରୀହ ମେହନତିଙ୍କ ଜୀବନଦୀପ ଯେ ନ ଲିଭାଇବ ତାହା କିଏ କହିବ ?

# ପ୍ଲାଷ୍ଟିକ୍‌ର ବିଷ ବଳୟରେ ବିଶ୍ୱ: ରାଣୀ ଗୁମ୍ଫାରୁ ଆରମ୍ଭ ହେଲା ସ୍ୱଚ୍ଛ ଭାରତ ଅଭିଯାନ

ଭୁବନେଶ୍ୱର (ପିଏନ୍): ଗାଆଁଠୁ ସହର ଯୁଆଡ଼େ ଦେଖିବ କୁଢ କୁଢ ପ୍ଲାଷ୍ଟିକ୍ ଆବର୍ଜନାର ପାହାଡ଼। ପ୍ଲାଷ୍ଟିକ୍‌ର ବ୍ୟବହାର କମାଇବା ପାଇଁ ଏବେ ଦେଶବ୍ୟାପୀ ଆରମ୍ଭ ହୋଇଛି ସ୍ୱଚ୍ଛ ଭାରତ ଅଭିଯାନ। ଏକକ ବ୍ୟବହାର ପ୍ଲାଷ୍ଟିକର ଉତ୍ପାଦନ, ସଂରକ୍ଷଣ, ବିକ୍ରୟ ଏବଂ ବ୍ୟବହାର ଉପରେ ସରକାର ସମ୍ପୂର୍ଣ୍ଣ ପ୍ରତିବନ୍ଧକ ଲଗାଇଛନ୍ତି। ତଥାପି ପ୍ଲାଷ୍ଟିକ୍‌ର ବ୍ୟବହାର ବହୁ ମାତ୍ରାରେ ବଢିଚାଲିଛି। ଯଦ୍ୱାରା ସ୍ଥଳଭାଗ ହେଉକି ଜଳଭାଗ ହେଉ ସବୁଠି ପ୍ଲାଷ୍ଟିକ୍ ଅଳିଆ। କହିବାକୁ ଗଲେ ପ୍ଲାଷ୍ଟିକର ବିଷବଳୟରେ ସାରା ବିଶ୍ୱ। ଏହାର ଭୟାବହତାକୁ ନେଇ ସାରା ବିଶ୍ୱ ଚିନ୍ତାରେ। ପ୍ଲାଷ୍ଟିକ୍‌ଠାରୁ ଦୂରେଇ ରହି ପ୍ଲାଷ୍ଟିକ୍ ମୁକ୍ତ ପରିବେଶ ତଥା ସୁସ୍ଥ ବାତାବରଣ ସୃଷ୍ଟି କରିବା ସମଗ୍ର ମଣିଷ ସମାଜ ପାଇଁ ଆହ୍ୱାନ ସୃଷ୍ଟି କରିଛି। ଭାରତ ସରକାରଙ୍କ ଯୁବ ବ୍ୟାପାର ଓ କ୍ରୀଡ଼ା ମନ୍ତ୍ରଣାଳୟ ଦ୍ୱାରା ପରିଚାଳିତ ନେହେରୁ ଯୁବକେନ୍ଦ୍ର, ଖୋର୍ଦ୍ଧା ଐତିହ୍ୟ ସଂପନ୍ନ ଖଣ୍ଡଗିରି ପାହାଡ଼ର ରାଣୀଗୁମ୍ଫାରୁ ଏହି ଅଭିଯାନର ଶୁଭ୍ ଉଦ୍‌ଘାଟନ ଅନୁଷ୍ଠିତ ହୋଇଯାଇଛି। ଅଭିଯାନକୁ ଆନୁଷ୍ଠାନିକ ରୂପେ ଜୟଦେବ ନିର୍ବାଚନ ମଣ୍ଡଳୀର ବିଧାୟକ ଅରବିନ୍ଦ ଢାଲି ମୁଖ୍ୟ ଅତିଥି ରୂପେ ଯୋଗଦେଇ ଉଦ୍‌ଘାଟନ କରିଥିବା ବେଳେ ସମ୍ମାନିତ ଅତିଥି ରୂପେ ନେହେରୁ ଯୁବକେନ୍ଦ୍ରର ଉପ-ନିର୍ଦ୍ଦେଶକ ବିମଳ ପାତ୍ରିକ୍ ଶାହା, ଯୁବ ଅଧିକାରୀ ବିପିନ୍ କୁମାର, ଜାତୀୟ ଯୁବପୁରସ୍କାରପ୍ରାପ୍ତ ସାମାଜିକ କର୍ମୀ ଶୀବ ପ୍ରସାଦ ପଟ୍ଟଯୋଶୀ ପ୍ରମୁଖ ଯୋଗ ଦେଇଥିଲେ। ଅଭିଯାନରେ ପାଖାପାଖି ୫୦ରୁ ଉର୍ଦ୍ଧ୍ୱ ଜାତୀୟ ଯୁବ ସ୍ୱେଚ୍ଛାସେବୀ ଅଂଶଗ୍ରହଣ କରିଥିଲେ। ପାହାଡ଼ର ଚତୁଃପାର୍ଶ୍ୱ ଏବଂ ରାସ୍ତା ଉପରେ ପଡ଼ିଥିବା ପ୍ଲାଷ୍ଟିକ୍ ବର୍ଜ୍ୟବସ୍ତୁଗୁଡ଼ିକୁ ସ୍ୱେଚ୍ଛାସେବୀମାନଙ୍କ ଦ୍ୱାରା ସଂଗୃହିତ କରାଯାଇଥିଲା। କାର୍ଯ୍ୟକ୍ରମକୁ କେନ୍ଦ୍ରର କୁଳମଣି ମଲ୍ଲିକ, ଶୁଭେନ୍ଦ୍ର ନାଥ ସାହୁ ଏବଂ ଅନ୍ୟାନ୍ୟ କର୍ମଚାରୀମାନେ ପରିଚାଳନାରେ ସହଯୋଗ କରିଥିଲେ। ସୂଚନାଯୋଗ୍ୟ, ଏହି ଅଭିଯାନ ଅକ୍ଟୋବର ୧ରୁ ୩୧ ତାରିଖ ପର୍ଯ୍ୟନ୍ତ ଖୋର୍ଦ୍ଧା ଜିଲ୍ଲାର ୧୦ଟି ବ୍ଲକରେ ଚାଲୁ ରହିବ ବୋଲି ଜଣାପଡ଼ିଛି।

# ପଶ୍ଚିମ ଓଡ଼ିଶାରେ ଦ୍ୱିତୀୟ କୃଷି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ପିସିସି କିଷାନ କଂଗ୍ରେସର ଦାବୀ

ଭୁବନେଶ୍ୱର (ପିଏନ୍)- ଓଡ଼ିଶା ଏକ କୃଷିପ୍ରଧାନ ରାଜ୍ୟ। ୭୦ ପ୍ରତିଶତ ଲୋକ ଏଠାରେ କୃଷି ଉପରେ ସମ୍ପୂର୍ଣ୍ଣ ନିର୍ଭରଶୀଳ। କୃଷି ଓ କୃଷକର ଉନ୍ନତି ପାଇଁ କୃଷି ବିଜ୍ଞାନ କ୍ଷେତ୍ରରେ ଉଚ୍ଚତର ଶିକ୍ଷା ଓ ଗବେଷଣାର ଯଥେଷ୍ଟ ଆବଶ୍ୟକତା ରହିଛି। ସମ୍ପ୍ରତି ଅନିୟମିତ ଜଳବାୟୁ ପରିବର୍ତ୍ତନ ଓ ଫସଲ କିସମ ଭିତରେ ବହୁ ପରିବର୍ତ୍ତନ ଘଟିଲାଣି। କୃଷି ସମ୍ପ୍ରସାରଣ ଅତ୍ୟାଧୁନିକ ବୈଷୟିକ ଜ୍ଞାନକୌଶଳ ଓ ଶିକ୍ଷା ପ୍ରଣାଳୀର ବ୍ୟବସ୍ଥାକୁ ସୁଦୃଢ଼ କରାଯିବା ଅତ୍ୟନ୍ତ ଜରୁରୀ। ଓଡ଼ିଶାରେ ୧୯୬୨ ମସିହାରେ ରାଜ୍ୟର ପ୍ରଥମ କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଭୁବନେଶ୍ୱରଠାରେ ପ୍ରତିଷ୍ଠା ହୋଇଥିଲା। ସେତେବେଳେ ଓଡ଼ିଶାର ଲୋକସଂଖ୍ୟା ଥିଲା ୧କୋଟି ୭୦ ଲକ୍ଷ। ଏବେ ଲୋକସଂଖ୍ୟା ୪ କୋଟି ୫୪ ଲକ୍ଷରେ ପହଞ୍ଚିଲାଣି। ବର୍ତ୍ତମାନ ରାଜ୍ୟରେ ଶାସନରେ ଥିବା ବିଜେଡ଼ି ଦଳ ତା'ର ନିର୍ବାଚନ ଇସ୍ତାହାରରେ ଦ୍ୱିତୀୟ କୃଷି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ପାଇଁ ପଶ୍ଚିମ ଓଡ଼ିଶାବାସୀଙ୍କୁ ପ୍ରତିଶ୍ରୁତି ଦେଇଥିବା ବେଳେ ଶାସନର ୨୨ ବର୍ଷ ମଧ୍ୟରେ ଏପର୍ଯ୍ୟନ୍ତ ଏହା କାର୍ଯ୍ୟକାରୀ କଲେ ନାହିଁ। ଯାହାକି ପଶ୍ଚିମ ଓଡ଼ିଶା କାହିଁକି, ସମଗ୍ର ଚାଷୀ ସମାଜ ପାଇଁ ମୁଖ୍ୟମନ୍ତ୍ରୀଙ୍କର ଏହା ଏକ ପ୍ରତାରଣା ବୋଲି ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମୀୟ କୁମାର ପଟ୍ଟନାୟକ ଏକ ପ୍ରେସ ବିଜ୍ଞପ୍ତିରେ ଜଣାଇଛନ୍ତି। ସରକାର କାଳବିଳମ୍ବ ନ କରି ତୁରନ୍ତ ପଶ୍ଚିମ ଓଡ଼ିଶାରେ ଦ୍ୱିତୀୟ କୃଷି ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା କରିବା ପାଇଁ ଓଡ଼ିଶା ପ୍ରଦେଶ କଂଗ୍ରେସ କୃଷକ ସେଲ୍ ପକ୍ଷରୁ ଅଧ୍ୟକ୍ଷ ଶ୍ରୀ ପଟ୍ଟନାୟକଙ୍କ ସହିତ ପଶ୍ଚିମ ଓଡ଼ିଶାର ସମସ୍ତ ଜିଲ୍ଲାର କିଷାନ କଂଗ୍ରେସ ଅଧ୍ୟକ୍ଷମାନେ ରାଜ୍ୟ ସରକାରଙ୍କ ନିକଟରେ ଦୃଢ଼ ଦାବୀ କରିଛନ୍ତି।

# ଜଗନ୍ନାଥ ମନ୍ଦିର ଚଟାଣରେ ନାମଫଳକକୁ ନେଇ ବିରୋଧ



ପାରାଦୀପ (ପିଏନ୍)- ପାରାଦୀପ ମଧୁବନସ୍ଥିତ ଜଗନ୍ନାଥ ମନ୍ଦିର ନିର୍ମାଣ ପରେ ମନ୍ଦିର ପରିସରରେ ମାର୍ବଲ ବିଛେଇ ଥିଲେ ଓଡିଶା ଷ୍ଟିଭେଡୋର୍ସ ପ୍ରାଇଭେଟ୍ ଲିମିଟେଡ୍ । ମାର୍ବଲ ପକେଇବା ପରେ ସଂପୃକ୍ତ ସଂସ୍ଥା ନିଖିଳ ସୃଷ୍ଟିର ସ୍ରଷ୍ଟା କରୁଣାମୟ ଶ୍ରୀ ଶ୍ରୀ ଜଗନ୍ନାଥଙ୍କ ଅସୀମ କୃପାରୁ ଓଡିଶା ଷ୍ଟିଭେଡୋର୍ସ ପ୍ରାଇଭେଟ୍ ଲିମିଟେଡ୍ ଏହି ପବିତ୍ର ମନ୍ଦିରର ମାର୍ବଲ ଚଟାଣ ନିର୍ମାଣ କରିବାକୁ ସକ୍ଷମ ହୋଇପାରିଛି ବୋଲି ଏକ ମାର୍ବଲ ଫଳକ ମନ୍ଦିର ମୁଖ୍ୟ ଫାଟକ ନିକଟରେ ପକାଇଥିଲେ ।



ମହାପ୍ରଭୁଙ୍କୁ ଦର୍ଶନ କରିବାକୁ ଆସୁଥିବା ଭକ୍ତମାନେ ଜଗନ୍ନାଥଙ୍କ ନାମକୁ ଚଢି ଦର୍ଶନ କରିବାକୁ ଯାଉଛନ୍ତି । ଯାହାକି ଜଗନ୍ନାଥପ୍ରେମୀ ଓ ଭକ୍ତମାନଙ୍କୁ ଆଘାତ ପହଂଚାଇଛି । ଏହା ମହାପ୍ରଭୁ ଜଗନ୍ନାଥଙ୍କୁ ଅସମ୍ମାନ ବୋଲି ଅଭିଯୋଗ କରିଛି ବିଶ୍ୱ ହିନ୍ଦୁ ପରିଷଦ । ଏହି ଫଳକକୁ ତୁରନ୍ତ ହଟେଇବାକୁ ଜିଲ୍ଲା ପ୍ରମୁଖ ଡଃ. ଧୃତିଧର ଦାସ ପାରାଦୀପ ଅତିରିକ୍ତ ଜିଲ୍ଲାପାଳ ଡଃ. କାହ୍ନୁ ଚରଣ ଧୀରଙ୍କୁ ଏକ ଦାବୀପତ୍ର ପ୍ରଦାନ କରିଛନ୍ତି । ମହାପ୍ରଭୁ ଶ୍ରୀଜଗନ୍ନାଥ ହେଉଛନ୍ତି କୋଟି ଓଡିଆର ମଉଡମଣି । ମହାପ୍ରଭୁଙ୍କ ନାମ ଉପରେ ଚଢି ଯାଉଥିବାରୁ ଏହା ମହାପ୍ରଭୁଙ୍କର ଘୋର ଅପମାନ ବୋଲି ଡଃ. ଦାସ କହିଛନ୍ତି । ମହାପ୍ରଭୁଙ୍କର ମାନସମ୍ମାନ ରକ୍ଷାକରିବା ପ୍ରତି ଓଡିଆର ଧର୍ମ । ତୁରନ୍ତ ଏହି ଫଳକ ଉଠାଇବାକୁ ସେ ଦାବୀ କରିଛନ୍ତି । ତେବେ ଏଥିପ୍ରତି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ନେଇ ଅତିରିକ୍ତ ଜିଲ୍ଲାପାଳ ଡଃ. ଧୀର ପ୍ରତିଶ୍ରୁତି ଦେଇଛନ୍ତି ।

# କେନ୍ଦୁଝରଗଡ ରେଳଷ୍ଟେସନରେ ଆରପିଏଫ୍ ପକ୍ଷରୁ ଫ୍ଲାଗମାର୍ଚ୍ଚ

କେନ୍ଦୁଝର (ପିଏନ୍): 'ଅଗ୍ନିପଥ' ଯୋଜନାକୁ ବିରୋଧ କରି ରାଜ୍ୟର ବିଭିନ୍ନ ସ୍ଥାନରେ ବିକ୍ଷୋଭ ଜାରୀ ରହିଛି। ଦେଶର ଅନେକ ସ୍ଥାନରେ ବିକ୍ଷୋଭ ଓ ହିଂସା ଦେଖିବାକୁ ମିଳୁଛି। ବିହାର ସମେତ ବିଭିନ୍ନ ରାଜ୍ୟରେ ଚାକିରି ଆଶାୟୀ ପ୍ରଦର୍ଶନବେଳେ ଟ୍ରେନରେ ନିଆଁ ଲଗାଇ ଦେବା ସହ ବିକ୍ଷୋଭ ବେଳେ ରେଳଷ୍ଟେସନରେ ବ୍ୟାପକ ଭଙ୍ଗାରୁଜା କରୁଛନ୍ତି। ଏହାକୁ ଦୃଷ୍ଟିରେ କେନ୍ଦୁଝରଗଡ ରେଳଷ୍ଟେସନରେ ରେଳବାଇ ସୁରକ୍ଷା ବଳ (ଆରପିଏଫ୍) ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇ ଫ୍ଲାଗମାର୍ଚ୍ଚ କରାଯାଇଛି। କୌଣସି ଅଘଟଣ ଏଡାଇବା ପାଇଁ ସ୍ଥିତିକୁ ଆଖି ଆଗରେ ରଖି ଆରପିଏଫ୍ ପକ୍ଷରୁ ଇନ୍‌ସପେକ୍ଟର ମନୋଜ ଜଗତାବଙ୍କ ନେତୃତ୍ୱରେ ରେଳଷ୍ଟେସନରେ ପ୍ରତିଷେଧମୂଳକ ପଦକ୍ଷେପ ନିଆଯାଇ ସଶସ୍ତ୍ର ଫୋର୍ସ ପଇଁତରା ମାରିଥିଲେ। ପୁରୀ-ବଡବିଲ ଇଣ୍ଟ ସିଟି ଟ୍ରେନ କେନ୍ଦୁଝରଗଡ ଷ୍ଟେସନରେ ପହଁଚିବା ପରେ ପାଟ୍ରୋଲିଂ ବ୍ୟବସ୍ଥାକୁ କଡାକଡି କରାଯାଇଛି। ପ୍ଲାଟଫର୍ମରେ ଟ୍ରେନ ଲାଗିବା ପରେ ଟିକିନିକି ଯାଂଚ କରାଯାଇଛି। ବିଶେଷତଃ ଯୁବବର୍ଗଙ୍କ ଉପରେ ସତର୍କ ନଜର ରଖାଯାଇଛି। ଆରପିଏଫ୍ ପକ୍ଷରୁ ସାଂପ୍ରତିକ ସ୍ଥିତିକୁ ନଜରରେ ରଖି ପ୍ରବେଶ ଓ ପ୍ରସ୍ଥାନ ଦ୍ୱାରରେ ଯାଂଚ କଡାକଡି କରାଯାଇଛି। ଅଗ୍ନିପଥ ବିରୋଧ ହିଂସା ଆଶଙ୍କାରେ ଯେପରି ଗୋଟିଏ ସ୍ଥାନରେ ଯୁବ ଗୋଷ୍ଠୀ ଏକତ୍ରିତ ନ ହୁଅନ୍ତି ସେଥିପାଇଁ ରେଳଷ୍ଟେସନ ଏବଂ ରେଳଷ୍ଟେସନ ବାହାରେ ସତର୍କ ନଜର ରଖାଯାଇଛି।

# ରାଜମିସ୍ତ୍ରୀଙ୍କ ମୃତଦେହ ବିଲରୁ ଉଦ୍ଧାର

ଫୁଲନଖରା (ପିଏନ୍)-ସଦର ଥାନା ଗୋପାଳପୁର ଅଧିନ ଜଗନ୍ନାଥବିହାର ନିକଟସ୍ଥ ଏକ ବିଲରୁ ଜଣେ ଯୁବକଙ୍କ ମୃତ ଦେହକୁ ପୁଲିସ ଉଦ୍ଧାର କରିଛି। ମୃତ ଯୁବକ ଜଣକ ହେଲେ ଜଗନ୍ନାଥବିହାର ଅଞ୍ଚଳରେ ଜଣେ ଠିକାଦାରଙ୍କ ଅଧିନରେ ରାଜମିସ୍ତ୍ରୀଭାବେ କାର୍ଯ୍ୟ କରୁଥିବା ପଶ୍ଚିମବଂଗ ପୂର୍ବ ମେଦିନପୁର ଗିରିଚୌକ ଜଲପାଇ ଗ୍ରାମର ସୁରଜିତ ବେରା (୩୨ବର୍ଷ)। ସେ ଏଠାରେ ରହି ଏକ ନିର୍ଦ୍ଦିଷ୍ଟ ସ୍ଥାନରେ ସବୁଦିନ କାର୍ଯ୍ୟ କରୁଥିଲାବେଳେ ଦିନେ ଅନ୍ୟ ଏକ ସ୍ଥାନକୁ କାମ କରିବାକୁ ଯାଇ ଆଉ ଫେରିନଥିଲା। ବହୁ ଖୋଜାଖୋଜି ପରେ ସୁରଜିତଙ୍କ ମୃତ ଦେହ ଏକ ବିଲ ମଧ୍ୟରେ ପଡ଼ିଥିବା ଦେଖିବାକୁ ମିଳିଥିଲା। ଏ ନେଇ ସଦର ଥାନାକୁ ଖବର ଦିଆଯିବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହକୁ ଜବତ କରିବା ସହିତ ବ୍ୟବଚ୍ଛେଦ ପାଇଁ କଟକ ବଡ଼ ମେଡ଼ିକାଲକୁ ପଠାଇଛି। ଏ ସଂକ୍ରାନ୍ତରେ ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଛି। ମୃତ୍ୟୁର କାରଣ ତୁରନ୍ତ ଜଣାପଡ଼ି ନ ଥିଲେ ମଧ୍ୟ ଅତ୍ୟଧିକ ମଦ୍ୟପାନ ଯୋଗୁଁ ଏପରି ହୋଇଛି ବୋଲି ପୁଲିସ ସନ୍ଦେହ କରୁଛି। ବ୍ୟବଚ୍ଛେଦ ରିପୋର୍ଟ ଆସିଲେ ମୃତ୍ୟୁର ପ୍ରକୃତ କାରଣ ସ୍ପଷ୍ଟ ହେବ ବୋଲି ଆଇଆଇସି ସୁଧାଂଶୁଭୂଷଣ ଜେନା ସୂଚନା ଦେଇଛନ୍ତି।






# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି। ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ,ଟାଉନ ଫରେଷ୍ଟର ଭୂପତି ସେଠୀ,ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ। ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା। ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି। ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ। ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି। ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ। ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି। ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ,ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି। ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି,ପଥର,ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି। ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧାରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଳିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଡ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ,ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ,କର୍ମଚାରୀ,ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ'ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧ୍ୟରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ଫର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ



ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ଫର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ଫର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ଫର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି । ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ଫର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ଫରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ଫର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ଫରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ୍ୟ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।




# ଓଡ଼ିଶାର ମ ନାଟକ, ସଙ୍ଗୀତ, ନୃତ୍ୟର ବିକାଶରେ କବିଚନ୍ଦ୍ରଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ

ଭୁବନେଶ୍ୱର (ପିଏନ୍): କବିଚନ୍ଦ୍ର କାଳୀଚରଣ ପଟ୍ଟନାୟକଙ୍କ ଉଦ୍ୟମରୁ ଓଡ଼ିଶୀ ନୃତ୍ୟ ଶାସ୍ତ୍ରୀୟ ମର୍ଯ୍ୟାଦା ପାଇବା ସହ ଓଡ଼ିଶାର ରାସ, ମ ନାଟକ, ନୃତ୍ୟ ଓ ସଙ୍ଗୀତର ସାମଗ୍ରିକ ବିକାଶ ହେବା ସହ ରାଜ୍ୟର କଳା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଗତି ସାଧିତ ହୋଇଛି ବୋଲି ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଅନୁଶାସନ ସଚିବ ଲକ୍ଷ୍ମୀଧର ବେହେରାଙ୍କ ସଂଯୋଜନାରେ ଭୁବନେଶ୍ୱର ଉତ୍କଳ ସଙ୍ଗୀତ ମହାବିଦ୍ୟାଳୟ ପରିସରରେ କବିଚନ୍ଦ୍ରଙ୍କ ପ୍ରତିମୂ ର୍ତ୍ତିସ୍ଥଳୀରେ ଆୟୋଜିତ ୪୪ତମ ଶ୍ରାଦ୍ଧୋତ୍ସବରେ ବିଭିନ୍ନ ବର୍ଗର ବ୍ୟକ୍ତିବିଶେଷ ଯୋଗଦେଇ ତାଙ୍କ ପ୍ରତିମୂ ର୍ତ୍ତିରେ ମାଲ୍ୟାର୍ପଣ ସହ ଦୀପଦାନ କରି ଶ୍ରଦ୍ଧାଞ୍ଜଳି ଅର୍ପଣ କରିବା ଅବସରରେ ମତବ୍ୟକ୍ତ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବିଧାୟକ ପ୍ରଫୁଲ୍ଲ ସାମଲ, ପୂର୍ବତନ ବିଧାୟକ ପ୍ରଭାତ କୁମାର ତ୍ରିପାଠୀ, ବାଙ୍କୀ-ଡମପଡ଼ା ବ୍ଲକ୍ ଅଧ୍ୟକ୍ଷ ପ୍ରଣବ କୁମାର ପଟେଲ, ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ, ଗାନ୍ଧିବାଦୀ ଅଧାପକ ଉପେନ୍ଦ୍ର ପାଢ଼ୀ, ଯୁବନେତା ରବି ସାମଲ, ବିକାଶ ଗିରି, ସତ୍ୟବ୍ରତ ଜେନା, ଅଧ୍ୟାପକ ରମେଶ ଚନ୍ଦ୍ର ପାତାଳସିଂହ, ଗିରିଜା ମହାପାତ୍ର ପ୍ରମୁଖ ନିଜ ବକ୍ତବ୍ୟରେ ବାଙ୍କୀ ମାଟିର ଯୋଗ୍ୟ ଦାୟାଦ କଳାକୁ ଜୀବନସାଥୀ ଭାବରେ ଗ୍ରହଣ କରି ଅବିବାହିତ ରହି ରାଜ୍ୟର କଳା, ସାହିତ୍ୟ ଓ ସଂସ୍କୃତିର ବିକାଶ ପାଇଁ କାର୍ଯ୍ୟ କରିଥିଲେ ବୋଲି ପ୍ରକାଶ କରିଥିଲେ। ଓଡ଼ିଶାର ମ ନାଟକର ବିକାଶ ପାଇଁ ନିଜେ ନାଟକ ରଚନା କରିବା ସହ ନିର୍ଦ୍ଦେଶନା ଦେଇ ତାହାକୁ ଓଡ଼ିଶା ଥିଏଟର ମାଧ୍ୟମରେ ପରିବେଷଣ କରିଥିଲେ। ଏହାପରେ ଗଜପତିଙ୍କ ନିମନ୍ତ୍ରଣ ପାଇ ପୁରୀରେ ରାସ ଓ ନାଟକର ବିକାଶ ପାଇଁ କାର୍ଯ୍ୟ କରିଥିଲେ। ଗଜପତି ତାଙ୍କୁ କବିଚନ୍ଦ୍ର ଉପାଧିରେ ସମ୍ମାନିତ କରିଥିଲେ। ଏହାପରେ ଗଜପତିଙ୍କ ଦରବାର ଛାଡ଼ି ପୁରୀ ଓ ସାକ୍ଷୀଗୋପାଳରେ ନୃତ୍ୟଦଳ ଗଠନ କରି ସମଗ୍ର ରାଜ୍ୟରେ ନୃତ୍ୟ ପରିବେଷଣ କରୁଥିଲେ। ଓଡ଼ିଶୀ ନୃତ୍ୟକୁ ଶାସ୍ତ୍ରୀୟ ମାନ୍ୟତା ଦେବାରେ ତାଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଅଗଣିତ ନାଟକ, କାବ୍ୟ, କବିତା ରଚନା କରି ରାଜ୍ୟର ବାଣୀଭଣ୍ଡାରକୁ ସମୃଦ୍ଧ କରିଛନ୍ତି। 'ଭାତ' ନାଟକ ସହ 'ଶ୍ରୀଜୟଦେବ ଓ ଗୀତଗୋବିନ୍ଦ' ତାଙ୍କର ଅମୂଲ୍ୟ କୀ ର୍ତ୍ତି। ତାଙ୍କ ଆଦର୍ଶରେ ଯୁବକଳାକାର ଅନୁପ୍ରାଣିତ ହେଲେ ରାଜ୍ୟର କଳା ସମୃଦ୍ଧ ହୋଇପାରିବ। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟ ଓ ଉପେନ୍ଦ୍ର ପାଢ଼ିଙ୍କ ଜନ୍ମଦିନ ଅବସରରେ ତାଙ୍କୁ ଜନ୍ମଦିନ ଅଭିନନ୍ଦନ ଜଣାଇ ସମ୍ମାନିତ କରାଯିବା ସହ ବାଙ୍କୀବାସୀଙ୍କ ପକ୍ଷରୁ ଉପସ୍ଥିତ ସମସ୍ତ ବ୍ୟକ୍ତିବିଶେଷଙ୍କୁ ଉ ରୀୟ ପ୍ରଦାନ କରାଯାଇଥିଲା। ଗାୟକ ଆହ୍ଲାଦ ସୁରେନ୍ଦ୍ରନାଥ ଛୋଟରାୟଙ୍କ ଲିଖିତ ପୁସ୍ତକ 'ସହଜ ପ୍ରାଣାୟମ ଓ ଯୋଗାସନ' ପୁସ୍ତକ ଉନ୍ମୋଚିତ ହୋଇଥିଲା।

# ମହାକାଳପଡ଼ା ବୃହତ ପାନୀୟ ଜଳ ପ୍ରକଳ୍ପ ସମ୍ପର୍କରେ ସମୀକ୍ଷା ବୈଠକ



କେନ୍ଦ୍ରାପଡ଼ା (ପିଏନ୍): କେନ୍ଦ୍ରାପଡ଼ା ଜିଲ୍ଲାର ମହାକାଳପଡ଼ା ନିର୍ବାଚନମଣ୍ଡଳୀରେ ଚାଲିଥିବା ବୃହତ ପାନୀୟ ଜଳଯୋଗାଣ ପ୍ରକଳ୍ପର ଦୁଇଟି ପଏ କରାଯାଇଛି। ଗୋଟିଏ ହେଉଛି ଦକ୍ଷିଣ ଜୋନ ଓ ଅନ୍ୟଟି ହେଉଛି ଉ ର ଜୋନ। ଦକ୍ଷିଣ ଜୋନଟି ମହାକାଳପଡ଼ା ବ୍ଲକରେ ରହିଥିବାବେଳେ ଉ ର ଜୋନଟି ମାର୍ଶାଘାଇ ବ୍ଲକରେ ରହିଛି। ଦକ୍ଷିଣ ପଏ ର କାର୍ଯ୍ୟ ପ୍ରାୟତଃ ଶେଷ ହେବା ଉପରେ। ଆସନ୍ତା ଅଗଷ୍ଟ ମାସ ୧୫ତାରିଖ ସୁଦ୍ଧା ମହାକାଳପଡ଼ା ନିର୍ବାଚନମଣ୍ଡଳୀର ଲୋକମାନଙ୍କୁ ପାନୀୟଜଳ ଯୋଗାଇଦେବା ପାଇଁ ଜିଲ୍ଲାପାଳ ଅମ୍ରିତ ଋତୁରାଜ ନିର୍ମାଣ କାର୍ଯ୍ୟ କରୁଥିବା ସଂସ୍ଥାକୁ ନିର୍ଦ୍ଦେଶ ଦେଇଛନ୍ତି। ଏହି ପ୍ରକଳ୍ପ ସମ୍ପର୍କରେ ଏକ ସମୀକ୍ଷା ବୈଠକରେ ଯୋଗଦେଇ ଜିଲ୍ଲାପାଳ ନିର୍ମାଣକାରୀ ସଂସ୍ଥାକୁ ଏଭଳି ନିର୍ଦ୍ଦେଶ ଦେଇଛନ୍ତି। ଜିଲ୍ଲାପାଳ କହିଥିଲେ ଏହି ପ୍ରକଳ୍ପ ଦ୍ୱାରା ୫୫ ହଜାର ଲୋକଙ୍କ ଘରେ ପାଇପ ଯୋଗେ ପାନୀୟ ଜଳ ପହ ିବ। ଯାହା ଫଳରେ ଲୋକଙ୍କ ପାନୀୟ ଜଳ ସମସ୍ୟା ଦୂର ହୋଇପାରିବ। ଦକ୍ଷିଣ ଜୋନର କାର୍ଯ୍ୟ ତୁରନ୍ତ ସାରି ଲୋକଙ୍କୁ ପାନୀୟ ଜଳ ପ୍ରଦାନ କରିବା ପାଇଁ ଜିଲ୍ଲାପାଳ କହିଥିବା ବେଳେ ଉ ର ଜୋନକୁ ମଧ ନିର୍ଦ୍ଧାରିତ ସମୟ ମଧ୍ୟରେ ସାରିବା ପାଇଁ ସେ କହିଥିଲେ। ଏହି ସମୀକ୍ଷା ବୈଠକରେ ବିଭାଗୀୟ ଯନ୍ତ୍ରୀ ଓ ଜିଲ୍ଲା ପ୍ରଶାସନର ଅଧିକାରୀମାନେ ଉପସ୍ଥିତ ଥିଲେ। ସୂଚନା ଥାଉକି ଏହି ପ୍ରକଳ୍ପ ହେବା ଦ୍ୱାରା ମହାକାଳପଡ଼ା ବ୍ଲକର ୨୬ଟି ପ ାୟତ ଓ ମାର୍ଶାଘାଇ ବ୍ଲକର ୧୧ଟି ପ ାୟତର ଲୋକେ ପାନୀୟ ଜଳ ପାଇପ ଯୋଗେ ପାଇପାରିବେ। ଫଳରେ ଗ୍ରୀଷ୍ମଋତୁରେ ଜଳକଷ୍ଟର ସମ୍ମୁଖୀନ ହେଉଥିବା ଏହି ପ ାୟତଗୁଡିକର ଲୋକମାନଙ୍କ ପାନୀୟଜଳ ସମସ୍ୟା ରହିବ ନାହିଁ। ଦକ୍ଷିଣ ଜୋନ କାର୍ଯ୍ୟକ୍ଷମ ହେଲେ ମାର୍ଶାଘାଇ ବ୍ଲକର ୩ଟି ପ ାୟତ ଓ ମହାକାଳପଡ଼ା ବ୍ଲକର ୯ଟି ପ ାୟତର ଲୋକମାନେ ଉପକୃତ ହୋଇପାରିବେ।

# ସ୍କାଉଟସ୍ ଗାଇଡସ୍‌ର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ



ଭୁବନେଶ୍ୱର (ପିଏନ୍): ଓଡ଼ିଶା ରାଜ୍ୟ ଭାରତ ସ୍କାଉଟସ୍ ଏବଂ ଗାଇଡସ୍ ସଂସ୍ଥାର ୧୪୨ତମ ରାଜ୍ୟ କାର୍ଯ୍ୟକାରିଣୀ ବୈଠକ ତା୩୦.୦୭.୨୦୨୨ରିଖ ଅପରାହ୍ନ ୩ଘଟିକା ସମୟରେ ଅନଲାଇନ୍ ମାଧ୍ୟମରେ ଆୟୋଜିତ ହୋଇଥିଲା । ରାଜ୍ୟ ମୁଖ୍ୟ କମିଶନର ଡଃ. କାଳି ପ୍ରସାଦ ମିଶ୍ରଙ୍କ ପୌରୋହିତ୍ୟରେ ଆୟୋଜିତ ଉକ୍ତ ବୈଠକରେ ରାଜ୍ୟ ସମ୍ପାଦକ ଶ୍ରୀ ଶରତ ଚନ୍ଦ୍ର ପାଇକରାୟଙ୍କ ସ୍ୱାଗତ ଅଭିଭାଷଣ ପରେ ଓଡିଶାର ବିଭିନ୍ନ ଜିଲ୍ଲାର ଦିବଂଗତ ସ୍କାଉଟ୍ ଗାଇଡ୍‌ର ସଭ୍ୟସଭ୍ୟାମାନଙ୍କର ଆତ୍ମାର ସଦ୍‌ଗତି ନିମନ୍ତେ ଏକ ମିନିଟ୍ ନୀରବ ପ୍ରାର୍ଥନା କରାଯାଇଥିଲା। ବିଗତ ବର୍ଷରେ ରାଜ୍ୟ ସଂସ୍ଥା ଦ୍ୱାରା କରାଯାଇଥିବା ବିଭିନ୍ନ କାର୍ଯ୍ୟକ୍ରମଗୁଡ଼ିକର ସମୀକ୍ଷା କରାଯିବା ସଂଗେ ସଂଗେ ଆଗାମୀ ବର୍ଷରେ ହେବାକୁ ଥିବା କାର୍ଯ୍ୟକ୍ରମ ଗୁଡ଼ିକର ଆଲୋଚନା କରାଯାଇ ସର୍ବସମ୍ମତିକ୍ରମେ ଗୃହୀତ ହୋଇଥିଲା। ଏତଦ୍‌ବ୍ୟତୀତ ବିଗତ ବର୍ଷର ଆୟବ୍ୟୟ ସମୀକ୍ଷା କରାଯାଇ ଆଗାମୀ ବର୍ଷର ଆର୍ଥିକ ଖର୍ଚ୍ଚ ଅଟକଳ କମିଟି ଦ୍ୱାରା ଅନୁମୋଦନ ଲାଭ କରିଥିଲା। ଜାତୀୟ ତଥା ଅନ୍ତର୍ଜାତୀୟ ସଂଗଠନ ଦ୍ୱାରା ଯୁବପୀଢ଼ିମାନଙ୍କ ପାଇଁ ପ୍ରାୟୋଜିତ ବିଭିନ୍ନ କାର୍ଯ୍ୟକ୍ରମ ଯଥା: Sustanable Development Goal, ସ୍ୱଚ୍ଛ ଭାରତ ଅଭିଯାନ, ସର୍ଫ ସ୍ମାର୍ଟ, ଫ୍ରି ବିଙ୍ଗ୍ ମିଂ, ଷ୍ଟପ୍ ଦି ଭାଇଓଲେନ୍‌ସ୍, ମେସେଞ୍ଜର ଅଫ୍ ପିସ୍ ଏବଂ ବୃକ୍ଷରୋପଣ କାର୍ଯ୍ୟକ୍ରମଗୁଡ଼ିକରେ ରାଜ୍ୟ ବିଶେଷ ସଫଳତା ପାଇଥିବାରୁ କମିଟିରେ ଆନନ୍ଦ ପ୍ରକାଶ ପାଇଥିଲା। ଭବିଷ୍ୟତରେ ଏହାକୁ ଆହୁରି ବ୍ୟାପକ କରିବା ପାଇଁ ରାଜ୍ୟ ମୁଖ୍ୟ କମିଶନର ଡଃ. ମିଶ୍ର ସଭ୍ୟମାନଙ୍କର ସହଯୋଗ କାମନା କରିଥିଲେ। ଏହି ବୈଠକରେ ବିଭିନ୍ନ ଜିଲ୍ଲାର ଜିଲ୍ଲା ଶିକ୍ଷାଧିକାରୀମାନେ ଯୋଗଦେଇଥିଲେ । ପରିଶେଷରେ ରାଜ୍ୟ କମିଶନର (ହେଡକ୍ୱାର୍ଟର) ଶ୍ରୀ ରାଧାକାନ୍ତ ଦାସ ସମସ୍ତ ସଭ୍ୟଙ୍କୁ ଧନ୍ୟବାଦ ଅର୍ପଣ କରିବା ପରେ ସଭା ଭଙ୍ଗ କରାଯାଇଥିଲା।

# କେନ୍ଦୁଝରଗଡ ରେଳଷ୍ଟେସନରୁ ଯୁବତୀ ଉଦ୍ଧାର

କେନ୍ଦୁଝର (ପିଏନ୍): ଗତ ୨୫ ତାରିଖ ରାତିରେ ଭୁବନେଶ୍ୱରରୁ କେନ୍ଦୁଝରଗଡ ଟ୍ରେନ ରେ ଆସିଥିବା ଜଣେ ଯୁବତୀଙ୍କୁ କେନ୍ଦୁଝରଗଡ ରେଳଷ୍ଟେସନରୁ ଉଦ୍ଧାର କରାଯାଇଛି। ରାତ୍ରୀ ୯ଟା ୨୫ରେ ୧୮୪୫୬ ନଂ ଫାଷ୍ଟ ପାସେଂଜର ଟ୍ରେନ କେନ୍ଦୁଝରଗଡ ରେଳଷ୍ଟେସନରେ ପହଁଚିବା ପରେ ରେଲୱେ ପୋଲିସକୁ କିଛି ଯାତ୍ରୀ ଖବର କରିଥିଲେ। ରେଲୱେ ପୋଲିସ ଯୁବତୀଙ୍କୁ ଉଦ୍ଧାର କରି କେନ୍ଦୁଝର ଟାଉନ ପୋଲିସ ସହାୟତାରେ ବଣିଆପାଟ ସ୍ଥିତ ସ୍ୱଧାର ଗୃହରେ ରଖିଛି। ଯୁବତୀ ମାନସିକ ରୋଗରେ ଆକ୍ରାନ୍ତ ଥିବା ଆଶଙ୍କା କରାଯାଉଛି। ଏଣୁ ସେ ତାର ସଠିକ୍ ଠିକଣା କହିପାରୁନାହିଁ। ସେ ହିନ୍ଦିରେ କଥାବା ର୍ତ୍ତା କରୁଛି। ଯୁବତୀଙ୍କ ବୟସ ୨୫ ବର୍ଷ ହେବ ବୋଲି ଅନୁମାନ କରାଯାଉଛି। ତେବେ ଉକ୍ତ ଯୁବତୀ କେଉଁ ସ୍ଥାନରୁ ଆସିଛି ତାହାର ତଦନ୍ତ ପୋଲିସ କରୁଛି।

# ମନରେଗା ଅର୍ଥ ଆତ୍ମସାତ୍ ଘଟଣାରେ ଲୋକାୟୁକ୍ତଙ୍କ ତଦନ୍ତ ନିର୍ଦ୍ଦେଶ

ଧର୍ମଶାଳା (ପିଏନ୍): ଧର୍ମଶାଳା ବ୍ଲକ୍ ଗଙ୍ଗାଧରପୁର ପ ାୟତ ଇମାମ୍‌ନଗର ଗାଁରେ ମନରେଗା ଅର୍ଥ ଆତ୍ମସାତ ଘଟଣାର ୨ଦିନିଆ ତଦନ୍ତ ନିର୍ଦ୍ଦେଶ ଦେଇଛନ୍ତି ଲୋକାୟୁକ୍ତ। ଆସନ୍ତା ଅଗଷ୍ଟ ୧୬ ଓ ୧୭ତାରିଖରେ ଲୋକାୟୁକ୍ତଙ୍କ ତଦନ୍ତକାରୀ ଟିମ୍ ଧର୍ମଶାଳା ବ୍ଲକ କାର୍ଯ୍ୟାଳୟ ଓ ଘଟଣାସ୍ଥଳରେ ପହ ି ତଦନ୍ତ କରିବ। ଏଥିରେ ଧର୍ମଶାଳା ବିଡ଼ିଓ ଉପସ୍ଥିତ ରହି ସହଯୋଗ କରିବାକୁ ଲୋକାୟୁକ୍ତ ଗତ ୨୮ତାରିଖ ପତ୍ରସଂଖ୍ୟା-ଏଲ୍‌ୱାଇ-୫୮୯୨ରେ ନିର୍ଦ୍ଦେଶ ଦେଇଛନ୍ତି। ତଦନ୍ତ ସମୟରେ ବ୍ଲକ୍‌ର ସହକାରୀ ଯନ୍ତ୍ରୀ, କନିଷ୍ଠ ଯନ୍ତ୍ରୀ, ପିଇଓ ଓ ଜିଆର୍‌ଏସ୍ ସହଯୋଗ କରିବେ। ସେହିପରି ଅଭିଯୋଗ ସ୍ଥାନ ସରକାରୀ ଜମି କିମ୍ବା ବ୍ୟକ୍ତିଗତ ଜମି ଏହାକୁ ମାପଚୁପ କରିବା ପାଇଁ ଏଠାକାର ରାଜସ୍ୱ ନିରୀକ୍ଷକ ଓ ଅମିନ ଉପସ୍ଥିତ ରହିବେ ବୋଲି ଉକ୍ତ ନିର୍ଦ୍ଦେଶନାମାରେ କୁହାଯାଇଛି। ଅଭିଯୋଗକାରୀ ସାରୋଇ ଗ୍ରାମର ସୂଚନା ଅଧିକାର କର୍ମୀ ସର୍ବେଶ୍ୱର ବେହୁରା ଲୋକାୟୁକ୍ତଙ୍କ ଅଦାଲତରେ ପହ ି ନିଜ ପକ୍ଷ ରଖିବା ସହିତ ଅଭିଯୋଗ ସଂପର୍କୀତ କାଗଜପତ୍ର ଦାଖଲ କରିଥିବା ଜଣାପଡ଼ିଛି। ପ୍ରକାଶ ଯେ, ବନ୍ୟାପ୍ଲାବିତ ଇମାମ୍ ନଗର ଗାଁ ରାସ୍ତାର ଉଚ୍ଚତା ବଢ଼ାଇବା ପାଇଁ ମନରେଗା ଯୋଜନାରେ ୫୫୫ ମିଟର ରାସ୍ତା ମରାମତି ପାଇଁ ୨୦୨୦/୨୧ ଆର୍ଥିକ ବର୍ଷରେ ୫ ଲକ୍ଷ ଟଙ୍କା ବ୍ୟୟବରାଦ କରାଯାଇଥିଲା। ମାତ୍ର ଏହି ଗ୍ରାମର ଅକ୍ଷୟ କୁମାର ପାଳଙ୍କ ଘର ନିକଟରୁ ସୁନାକର ରାଉତଙ୍କ ଘର ପର୍ଯ୍ୟନ୍ତ ୨୮୦ ମିଟର ମାଟିରାସ୍ତା ମରାମତିରେ ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଖର୍ଚ୍ଚ ହୋଇଥିଲା। ହେଲେ ଦାୟିତ୍ୱରେ ଥିବା ଠିକାଦାର ମାତ୍ର ୬୦ମିଟର ରାସ୍ତାକାମ କରି ୨୮୦ ମିଟର କାମ କରିଛନ୍ତି ବୋଲି କାଗଜପତ୍ର ପ୍ରସ୍ତୁତ କରି ୨ଲକ୍ଷ ୯୩ହଜାର ୯୧୦ଟଙ୍କା ଉଠାଇ ନେଇଥିବା ସୂଚନା ଅଧିକାର ଆଇନ ତଥ୍ୟରୁ ଜଣାପଡ଼ିଥିଲା। ତାହା ପୁଣି ବ୍ୟକ୍ତିଗତ ଜମିରେ ହୋଇଥିବା ଅଭିଯୋଗ ହୋଇଥିଲା। ଏନେଇ ସୂଚନା ଅଧିକାର କର୍ମୀ ଶ୍ରୀ ବେହୁରା ଲୋକାୟୁକ୍ତଙ୍କ ଦ୍ୱାରସ୍ଥ ହୋଇଥିଲେ। ଗତ ଜୁନ୍ ୨୨ତାରିଖରେ ଲୋକାୟୁକ୍ତଙ୍କ ଅଦାଲତରେ ୧୩୪/୨୦୨୨(ବି-୧)ନମ୍ବରରେ ଏକ ମାମଲା ରୁଜୁ ହୋଇଥିଲା। ଏଥିରେ ଧର୍ମଶାଳା ବିଡ଼ିଓ ଅରବିନ୍ଦ ବେହେରା ଓ ତତ୍କାଳୀନ ପିଇଓ ନିର୍ମଳ ଚନ୍ଦ୍ର ପଣ୍ଡାଙ୍କୁ ପକ୍ଷଭୁକ୍ତ କରାଯାଇଥିଲା। ଦାୟିତ୍ୱରେ ଥିବା ଠିକାଦାର ମନରେଗା ନିୟମାନୁସାରେ କାମ ନକରି ବେଆଇନ ଭାବେ ଶ୍ରମିକଙ୍କ ବଦଳରେ ଟ୍ରକ୍ ଓ ମେସିନ୍ ବ୍ୟବହାର କରିଥିଲେ। ସରକାରୀ ଜମି ବଦଳରେ ବ୍ୟକ୍ତିଗତ ଜମିରେ ମନରେଗା ଅର୍ଥ ବିନିଯୋଗ ହୋଇଥିଲା। ଏଭଳି ଏକ ସଙ୍ଗୀନ୍ ଅଭିଯୋଗର ଶୁଣାଣି କରି ଲୋକାୟୁକ୍ତ ତାଙ୍କ ନିଜସ୍ୱ ତଦନ୍ତକାରୀ ଟିମ୍‌କୁ ତଦନ୍ତ କରିବାକୁ ନିର୍ଦ୍ଦେଶ ଦେବା ଘଟଣା ସ୍ଥାନୀୟ ଅଂଚଳରେ ଚର୍ଚ୍ଚାର ବିଷୟ ପାଲଟିଛି।

# ବାଲେଶ୍ୱରର ୩୦ ଲକ୍ଷ ଟଙ୍କା ଠକେଇ ମାମଲାରେ ନୂଆଦିଲ୍ଲୀରେ ଗିରଫ ହେଲେ ଦୁଇ ନାଇଜେରିୟ ନାଗରିକ

ବାଲେଶ୍ୱର (ପିଏନ୍)- ବାଲେଶ୍ୱରରୁ ୩୦ ଲକ୍ଷ ଟଙ୍କା ଠକେଇ ମାମଲାରେ ନୂଆଦିଲ୍ଲୀରୁ ଦୁଇ ନାଇଜେରିୟ ନାଗରିକ ଗିରଫ ହୋଇଛନ୍ତି। ସେମାନଙ୍କ ନିକଟରୁ ଗୋଟିଏ କାର, ୨ ଲାପ୍‌ଟପ୍, ୭ଟି ମୋବାଇଲ, ସୁନାଗହଣା ଜବତ କରାଯାଇଛି। ପୂର୍ବରୁ ଏହି ମାମଲାରେ ଜଣେ ଅଭିଯୁକ୍ତକୁ ଗିରଫ କରାଯାଇଥିଲା। ଉଲ୍ଲେଖଯୋଗ୍ୟ ଯେ ଅଭିଯୁକ୍ତ ୨୦୨୨ ଏପ୍ରିଲ ମାସ ୧୩ ତାରିଖରେ ସହଦେବ ଖୁ । ଥାନା ବାଲିଆ ଅ ଳରେ ଜଣେ ଅବସରପ୍ରାପ୍ତ କର୍ମଚାରୀଙ୍କ ଏକ ନକଲି ଫେସ୍‌ବୁକ ଏକାଉ ଜରିଆରେ ବନ୍ଧୁତା ସ୍ଥାପନ କରି ୩୦ ଲକ୍ଷ ଟଙ୍କା ଲୁଟି ନେଇଥିବା ଅଭିଯୋଗ ହୋଇଥିଲା। ସାଇବର ଥାନାରେ ଅଭିଯୋଗ କରିବା ପରେ ଆଇ.ଆଇ.ସି ମୀନା ବିନ୍ଧାଣୀ ଅଭିଯୁକ୍ତର ବ୍ୟାଙ୍କ ଏକାଉ କୁ ଅଚଳ କରିଥିଲେ। ବହୁ ଖୋଳତାଡ଼ ପରେ ଶେଷରେ ଏହି ନାଇଜେରିୟ ଠକ ପାଖରେ ପହ ିଥିଲା ପୁଲିସ। ଦିଲ୍ଲୀରୁ ଠକ ସାମ୍‌ସନକୁ ଗିରଫ ପରେ ୩ ଦିନିଆ ଟ୍ରାଞ୍ଜିଟ୍ ରିମାଣ୍ଡୋରେ ବାଲେଶ୍ୱର ଅଣାଯାଇଥିଲା। ସେ ଗତ ଏକବର୍ଷ ହେବ ଦିଲ୍ଲୀର କିସନଗଡ଼ରେ ରହି ସାଇବର ଅପରାଧରେ ଲିପ୍ତ ଥିଲା। ଏହି ଉପାୟରେ ୧୦୦ରୁ ଅଧିକ ଲୋକଙ୍କୁ ଫସାଇ ଲକ୍ଷାଧିକ ଟଙ୍କା ଲୁଟ୍ କରିଥିଲା। ପୁଲିସ ତା' ପାଖରୁ ଏକ ମୋବାଇଲ ଲାପ୍‌ଟପ୍ ଓ କିଛି ନକଲି ସିମ୍ ଜବତ କରିଥିଲା। ୨୦୧୮ ମସିହାରୁ ତା'ର ପାସପୋର୍ଟ ବୈଧତା ସରିଯାଇଥିଲେ ମଧ ସେ ନକଲି ପାସପୋର୍ଟ ରଖି ଭାରତରେ ରହୁଥିଲା। ଏହି ମାମଲାର ରିମାୟୁକଲ୍ ନାମନି ଏଲିଆସ କେଲ୍‌ଭିନ ଓଟୁସରୋ ନାମନି (୩୫) ସେ ତାର ସ୍ତ୍ରୀ ଟି. ସୁଚିମ ତିଖୀର (୩୨) (ନାଗାଲାଣ୍ଡ) ଦିଲ୍ଲୀ ମଇଦାନ ଗୋଡ଼ିରୁ ଗିରଫ କରାଯାଇଛି। ତଦନ୍ତରୁ ଜଣାପଡ଼ିଛି ଯେ ଇମାୟୁନେଲ ନାମନି ହ୍ୱାଟ୍‌ସଆପ ଜରିଆରେ ବିଭିନ୍ନ ଦଫା ସହ ଫେକ ଫେସବୁକ୍ ଆଇଡିରେ ଯୁକେର ବିଦେଶୀ ମହିଳାଙ୍କ ନାମରେ ବନ୍ଧୁତା ସ୍ଥାପନ କରୁଥିଲା। ତାର ସ୍ତ୍ରୀ ଟି.ସୁଚିଂ ତିଖୀର ନିଜକୁ କଷ୍ଟମ ଅଫିସରର ପରିଚୟ ଦେଇ ଉପହାର ସାମଗ୍ରି ସେମାନଙ୍କ ଠିକଣାରେ ପଠାଇଦେବ ଏବଂ କଷ୍ଟିଂ ପାଉଣା ଦେବା ପାଇଁ ଧମକାଉଥିଲା। ସେମାନଙ୍କ ନିକଟରୁ ଦୁଇଟି ଲାପ୍‌ଟପ୍, ଗୋଟିଏ ହୁଣ୍ଡା ୧-୨୦ କାର, ଏକଟି ଡଙ୍ଗଲ, ଦୁଇଟି ନକଲି ପାସପୋର୍ଟ ସୁଚିମ ତିଖୀର ନାମରେ ଥିବା ଗୋଟିଏ ଷ୍ଟେଟବ୍ୟାଙ୍କ ପାସବୁକ୍, ଦୁଇଟି ସୁନାଚେନ୍, ଗୋଟଏ ମୁଦି, ୭ଟି ମୋବାଇଲ ଫୋନ୍ ଜବତ କରାଯାଇଛି। ସାଇବର ଓ ପୁଲିସ କେସ ନଂ ୪/୧୩/୬/୨୨ ଦଫା ୪୧୯/୪୨୦/୪୬୫/୪୬୭/୪୬୮/୧୨୦ (ବି) ଧାରା ୬୬ (ସ)/୬୬(ଡି) ମାମଲା ରୁଜୁ କରାଯାଇଥିଲା। ଆହୁରି ତଦନ୍ତ ଜାରି ରହିଛି ବୋଲି ପୁଲିସ ସୂତ୍ରରୁ ପ୍ରକାଶ।

# ହାଟଡିହି ବ୍ଲକରେ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି

ହାଟଡିହି (ପିଏନ୍): କେନ୍ଦୁଝର ଜିଲ୍ଲା ହାଟଡିହି ବ୍ଲକରେ ଗତ ସୋମବାର ଦିନ ଜିଲ୍ଲାପାଳଙ୍କ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହୋଇଯାଇଛି। ବିଡିଓ ବିଚିତ୍ରାନନ୍ଦ କରଙ୍କ ତ ାବଧାନରେ କେନ୍ଦୁଝର ଜିଲ୍ଲାପାଳ ଆଶିଷ ଠାକରେ ଯୋଗଦେଇ ବିଭିନ୍ନ ଅଂଚଳରୁ ଆସିଥିବା ସାଧାରଣ ଲୋକଙ୍କଠାରୁ ୧୩୦ଟି ଅଭିଯୋଗ ଗ୍ରହଣ କରିବା ପରେ ଏହାକୁ କାର୍ଯ୍ୟକାରୀ କରିବା ପାଇଁ ଉପସ୍ଥିତ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ। ଅଭିଯୋଗ ଶୁଣାଣିରେ ଶାଳଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ହାଟଡିହି ସ୍ୱାସ୍ଥ୍ୟକେନ୍ଦ୍ରର ଅବ୍ୟବସ୍ଥା ପ୍ରସଙ୍ଗରେ ଦୀର୍ଘ ସମୟ ଧରି ସ୍ଥାନୀୟ ଅଧିବାସୀ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଥିଲେ। ଦୀର୍ଘଦିନ ଧରି ଡାକ୍ତର ପଦବୀ ଖାଲି ପଡିଥିବାରୁ ସମଗ୍ର ହାଟଡିହି ବ୍ଲକ ଅଂଚଳରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟୟ ହୋଇ ପଡିଛି। ସେହିପରି ହାଟଡିହି ବ୍ଲକର ବିଭିନ୍ନ ବିଦ୍ୟାଳୟରେ ଶିକ୍ଷକ ଅଭାବର ସମସ୍ୟା ଲାଗି ରହିଥିବାରୁ ଶିକ୍ଷାଦାନରେ ଅଚଳ ଅବସ୍ଥା ସୃଷ୍ଟି ହୋଇଥିବା ଅଭିଯୋଗ ହୋଇଛି। ଏହି ଅବସରରେ ଜିଲ୍ଲାପାଳ ଶ୍ରୀଯୁକ୍ତ ଠାକରେ କେତେକ ଦିବ୍ୟାଙ୍ଗ ମାନଙ୍କୁ ତିନିଚକିଆ ଟ୍ରାୟ ସାଇକେଲ ବିତରଣ କରିଥିଲେ। ଏହି ଅଭିଯୋଗ ଶୁଣାଣିରେ କେନ୍ଦୁଝର ଏସ୍‌ପି ମିତ୍ରଭାନୁ ମହାପାତ୍ର, ଅତିରିକ୍ତ ଜିଲ୍ଲାପାଳ ସୁଷମା ବିଲୁଂ, ଆନନ୍ଦପୁର ଉପଜିଲ୍ଲାପାଳ ଅନିଲ କୁମାର ସେଠୀ, ତହସିଲଦାର ଦିଲ୍ଲୀପ କୁମାର ସାହୁ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଜଗନ୍ନାଥ ମୋଦି ପ୍ରମୁଖଙ୍କ ସହ ବିଭିନ୍ନ ବିଭାଗର ଅଧିକାରୀ ମାନେ ଯୋଗ ଦେଇଥିଲେ।

# ବିଶ୍ୱ ବନ୍ଧୁତ୍ୱ ଦିବସରେ ବୃକ୍ଷରୋପଣ

ବାଲେଶ୍ୱର (ପିଏନ୍)- ବାଲେଶ୍ୱର ରେମୁଣା ବ୍ଲକ ସେରଗଡ଼ ଗ୍ରାମରେ ପୁରାଣ ପ୍ରସିଦ୍ଧ ଖଜିରେଶ୍ୱର ପୀଠରେ ବାପାଙ୍କ ସ୍ମୃତିରେ ଗଢ଼ା ହିମାଂଶୁ ହରି ଫାଉଣ୍ଡେସନର ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ନିଜେ ହରି ପ୍ଲାଷ୍ଟର ପରିଚାଳନା ନିର୍ଦ୍ଦେଶକ ଯୁବ ଶିକ୍ଷୋଦୋଗୀ ସଂଗ୍ରାମ ଦାସ ବିଶ୍ୱ ବନ୍ଧୁତ୍ୱ ଦିବସରେ 'ବୃକ୍ଷ ଆମର ବନ୍ଧୁ' ଶୀର୍ଷକ ଆଲୋଚନାଚକ୍ର ଓ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ଯୋଗଦାନ କରି ମନ୍ଦିର ପରିସରରେ ବିଲ୍ୱ, ଚମ୍ପା, ଚନ୍ଦନ, ଧାତ୍ରୀଅଁଳା, ବିଭିନ୍ନ ରଙ୍ଗର କ ନ, ନାଗେଶ୍ୱର ଚମ୍ପା, ପିଜୁଳି ଆଦି ଅନେକ ଚାରା ରୋପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ମନ୍ଦିର ପୂଜକ ଅଜୟ କୁମାର ପଣ୍ଡା, ସମାଜସେବୀ ଗୋବିନ୍ଦ ଦାସ, ଡମ୍ବରୁ ଚଣ୍ଡ, ମାନବାଧୀକାର କର୍ମୀ ସୁଧାକର ସେଠୀ, ଆଇନଜିବୀ ସୋଭନା ମହାନ୍ତି, ସୁଶାନ୍ତ ପରିଡ଼ା, ରଣଜିତ ପୃଷ୍ଟି, ସଂଯୁକ୍ତା ରାଣୀ ବେହେରା ବୃକ୍ଷ ରୋପଣ କରିବା ସହ ନିଜ ନିଜର ବକ୍ତବ୍ୟ ରଖିଥିଲେ। ମନ୍ଦିର ପରିଚାଳନା କମିଟିର କର୍ମକ ର୍ତ୍ତା ସମସ୍ତ ସହଯୋଗ କରିଥିବା ବେଳେ ଭବାନୀଶଙ୍କର ପଣ୍ଡା, ଉପେନ୍ଦ୍ର ମଙ୍ଗଳ, ଗୋବିନ୍ଦ ମଲ୍ଲିକ, ସନାତନ ମଲ୍ଲିକ, ରତିକାନ୍ତ ବେହେରା, ତ୍ରିଲୋଚନ ବେହେରା, ଅଜୟ ଦାସ, ପ୍ରଦୀପ ଦାସ, ରାଜୁ ଦାସ ପ୍ରତିକୂଳ ପରିବେଶରେ ବି ବିଭିନ୍ନ ଅ ଳରୁ ହିମାଂଶୁ ପ୍ରେମୀଙ୍କ ଭିଡ଼ ଜମିଥିଲା। ବୃକ୍ଷର ସୁରକ୍ଷା ପାଇଁ ଶପଥ ସମସ୍ତେ ନେଇଥିଲେ। ଶେଷରେ ଅନୁଷ୍ଠାନ ତରଫରୁ ମିଷ୍ଟାନ ବ ନ ହୋଇଥିଲା।

# ପୋଭର୍ଟି ଫାଉଣ୍ଡେସନର ବୃକ୍ଷରୋପଣ କାର୍ଯ୍ୟକ୍ରମ

ବାଲେଶ୍ୱର (ପିଏନ୍)- ବର୍ଷାଋତୁରେ ସାରା ଜଗତ ଏବେ ସବୁଜିମାରେ ପରିପୂର୍ଣ୍ଣ ହେଲେ ବ ର୍ତ୍ତମାନ ସମୟରେ ଜଙ୍ଗଲ ନଷ୍ଟ ଯୋଗୁଁ ବର୍ଷା ଠିକ ଭାବେ ହୋଇପାରୁନି। ତେବେ ଆଗକୁ କିପରି ଅଧିକରୁ ଅଧିକ ବୃକ୍ଷରୋପଣ କରାଯିବ ତତ୍‌ସହିତ ବୃକ୍ଷମାନଙ୍କ ରକ୍ଷଣାବେକ୍ଷଣ କରାଯିବ ଏଥିନେଇ ସାମାଜିକ ଅନୁଷ୍ଠାନମାନେ ତତ୍ପରତା ସହକାରେ କାର୍ଯ୍ୟକ୍ରମ ଗ୍ରହଣ କରିବା ଆବଶ୍ୟକ। ଏସଆରବି ସ୍ୱସ୍ତିକ ପୋଭର୍ଟି ଫାଉଣ୍ଡେସନ ବୃକ୍ଷରୋପଣ କାର୍ଯ୍ୟକ୍ରମ କରିବା ସହ ବାଲେଶ୍ୱର ଜିଲ୍ଲା ବାହାନଗା ବ୍ଲକ ଅନ୍ତର୍ଗତ ସାଉଡ଼ ଗ୍ରାମ ପ ାୟତ ଠାରେ ଥିବା ଶିବ ପ୍ରସାଦ ଜଗନ୍ନାଥ ତ୍ରିଲୋଚନ ସରକାରୀ ହାଇସ୍କୁଲ, ଲାଲମୋହନ ହାଇସ୍କୁଲ ବାଜଣା, ଦାମୋଦର ହାଇସ୍କୁଲ ଥାଲସଡ଼ା ଠାରେ ବୃକ୍ଷରୋପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଫାଉଣ୍ଡେସନର ଅଧ୍ୟକ୍ଷା ସଂଯୁକ୍ତା ରାଣୀ ବେହେରାଙ୍କ ତ ାବଧାନରେ ବିଭିନ୍ନ ପ୍ରକାରର ଚାରା ରୋପଣ କରାଯାଇଛି। ଏହି କାର୍ଯ୍ୟକ୍ରମରେ ଉପଜିଲ୍ଲାପାଳ କିଶୋର ଚନ୍ଦ୍ର ସ୍ୱାଇଁ, ବାହାନଗା ତହସିଲଦାର ରାଜେନ୍ଦ୍ର ନାରାୟଣ କର, ପ୍ରଧାନ ଶିକ୍ଷକ ଓ ସ୍କୁଲର ସମସ୍ତ ଶିକ୍ଷକ, ଶିକ୍ଷୟତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ। ସଂଗଠନର ବିଜୟ ବାରିକ ସୁଶାନ୍ତ ପରିଡ଼ା, ଗୌରହରି ପରିଡ଼ା, ସବିତା ମହାନ୍ତି, ଜ୍ୟୋତିପ୍ରକାଶ ସେଠି ପ୍ରମୁଖ କାର୍ଯ୍ୟକ୍ରମକୁ ସଠିକ ଭାବେ ତୁଲାଇଥିଲେ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଡି.ଏ.ଭି ପବ୍ଲିକ ସ୍କୁଲ କଳିଙ୍ଗ ନଗରଠାରେ ପୂର୍ବତନ ଚେୟାରମ୍ୟାନ ଇଂ ବି.ସି. ପଟ୍ଟନାୟକଙ୍କ ୯୭ତମ ଜନ୍ମ ଜୟନ୍ତୀ ପାଳିତ

ଭୁବନେଶ୍ୱର,(ପି.ଏନ); ଡିଏଭି ପବ୍ଲିକ୍ ସ୍କୁଲ କଳିଙ୍ଗ ନଗରଠାରେ ପୂର୍ବତନ ଚେୟାରମ୍ୟାନ ତଥା ଓଡ଼ିଶା ଡିଏଭି ଆନ୍ଦୋଳନର କର୍ଣ୍ଣଧାର ଓ ଦ୍ୱୈତନଗରୀ ଡିଏଭି ବିଦ୍ୟାଳୟ ସମୂହର ମୁଖ୍ୟ ବିନ୍ଧାଣି ଇଂ ବିରେନ୍ ଚନ୍ଦ୍ର ପଟ୍ଟନାୟକଙ୍କ ୯୭ତମ ଜନ୍ମ ଜୟନ୍ତୀ ପାଳିତ ହୋଇଯାଇଛି । ଏହି ଅବସରରେ ବିଦ୍ୟାଳୟର ଅଧକ୍ଷ ଶ୍ରୀଯୁକ୍ତ ବଳରାମ ମହାପାତ୍ରଙ୍କ ସମେତ ପର୍ଯ୍ୟବେକ୍ଷକ, ପର୍ଯ୍ୟବେକ୍ଷିକା, ଶିକ୍ଷକ ଶିକ୍ଷୟିତ୍ରୀବୃନ୍ଦ ଇଂ ବି.ସି. ପଟ୍ଟନାୟକଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ପ୍ରଦାନପୂର୍ବକ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ । ବୈଦିକ



ରୀତି ଅନୁଯାୟୀ ଯଜ୍ଞ ଅନୁଷ୍ଠିତ ହୋଇଥିଲା । ଇଂ ପଟ୍ଟନାୟକଙ୍କ ସ୍ମୃତିଚାରଣ ଉପଲକ୍ଷେ ଆୟୋଜିତ ଇଂରାଜୀ ଓ ଓଡ଼ିଆ ଭାଷାରେ ସୃଜନାତ୍ମକ ଲିଖନ ପ୍ରତିଯୋଗିତାରେ ୧୪ଟି ଡି.ଏ.ଭି ବିଦ୍ୟାଳୟର ୨୮ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ । ପରିଶେଷରେ କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କୃତ କରାଯାଇଥିଲା ।

# ବାଂଶପାଣି ରେଳସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର ଡାମେଜ କଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ୍ୟ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/୨୦୨୦ ଦଫା ୧୪୭/୧୪୮/୪୫୨/୩୨୩/୩୨୫/୪୩୬/୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରୁଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗତ ହୋଇଛି । ସ୍ଥାନୀୟ ଅଧୀବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଗାନିଆ କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାତ୍ର ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ୍ୟ ଯୋଡା ଥାନା ପୋଲିସ ଏଯାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଯାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ୍ୟ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

# ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ବରୂପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

# ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣକୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

# ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧ୍ୟକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ୍ୟ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ୍ୟ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତାମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ୍ୟ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ୍ୟ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ୍ୟ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧିମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।




2024-2025

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Tuesday November 12 | ଭୁବନେଶ୍ୱର ମଙ୍ଗଳବାର, ନଭେମ୍ବର ୧୨,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com | ୮

## ସପ୍ତମ ଜାତୀୟ ଯୋଗ ଏବଂ ପ୍ରାକୃତିକ ଚିକିତ୍ସା ସମ୍ମିଳନୀ ଅନୁଷ୍ଠିତ




ବାଲେଶ୍ୱର (ପି.ଏନ): ହେଲଦି ଲାଇଫ ଯୋଗ ମହାବିଦ୍ୟାଳୟ, ଇନଷ୍ଟିଚ୍ୟୁଟ ଏବଂ ନେଚ୍ରର କେୟାର ଏବଂ ଯୋଗୀକ ସାଇନ୍ସର ଏନ ଏସ୍ ଏସ୍ ୟୁନିଟ୍ ଦ୍ୱାରା ନଭେମ୍ବର ୯ ଠାରୁ ୧୧ ତାରିଖ ପର୍ଯ୍ୟନ୍ତ ତିନି ଦିନଧରି ଚାଲିଥିବା ସପ୍ତମ ଜାତୀୟ ଯୋଗ ଏବଂ ପ୍ରାକୃତିକ ଚିକିତ୍ସା ସମ୍ମିଳନୀ ମହାସମାରୋହରେ ଉଦଯାପିତ ହୋଇଯାଇଛି । ବୈଦିକ ନୀତିରେ ଅନୁଷ୍ଠିତ ପାରମ୍ପିକ ହୋମଯଜ୍ଞ ପରେ, ଏଥିରେ ଗବେଷକ ଓ ଆଲୋଚ଼କ ଭାବେ କଲିକତାରୁ ଯୋଗ ପ୍ରଶିକ୍ଷକ ଶ୍ରୀ ସନାତନ ମହାକୁଡ଼, ବିହାରରୁ ପ୍ରାକୃତିକ ଚିକିତ୍ସକ ଡା. ସଞ୍ଜୟ ଠାକୁର, ସାଉଥ କୋରିଆରୁ ଫେରନ୍ତା ଯୋଗ ଓ ଆୟୁର୍ବ ?ଦ ବିଶାରଦ ଡାକ୍ତର ଭଗବାନ ଭୂୟାଁ, ଆଇ ଏନ୍ ସି ଓ୍ୱାଇ ଏସ୍ ର ଅଧାପକ ଶ୍ରୀ ଅଭିଷେକ ଦାସ, ଭୁବନେଶ୍ୱରରୁ ପ୍ରାକୃତିକ ଗବେଷକ ଶ୍ରୀଯୁକ୍ତ ବିଜୟ କୁମାର ପୃଷ୍ଟି ପ୍ରମୁଖ ଉପସ୍ଥିତ ରହି ନିଜ ନିଜର ଗବେଷଣାତ୍ମକ ଅଭିଭାଷଣ ପ୍ରଦାନ କରିଥିଲେ । ଏଥିରେ ବାଲେଶ୍ୱର ସଦର ବିଧାୟକ ମାନସ କୁମାର ଦତ୍ତ, ଡ.ସତ୍ୟଜିତ ନାୟକ, ଡି ଆଇ ଜି ବାଲେଶ୍ୱର, ଶ୍ରୀ ସୁଧାକର ନାୟକ ଏ ଡି ଏମ ବାଲେଶ୍ୱର, ପ୍ରଫେସର ଭାସ୍କର ବେହେରା ପି ଜି କାଉନସିଲର ଅଧ୍ୟକ୍ଷ ଓ ଏକାଡେମୀକ୍ ମୁଖ୍ୟ ପ୍ରଫେସର ଭାସ୍କର ବେହେରା, ଶ୍ରୀଯୁକ୍ତ କାଳିପଦ ପଣ୍ଡା ସୁବର୍ଣ୍ଣ ଶ୍ରୀର ପ୍ରତିଷ୍ଠାତା ଓ ପୂର୍ବତନ ସାହିତ୍ୟ ଏକାଡେମୀ ସଦସ୍ୟ ବାଲେଶ୍ୱର. ଶ୍ରୀ ସୃଷ୍ଟିଧର ପରିଡା ମୁଖ୍ୟ ସଂପାଦକ ଧ୍ୱନି ପ୍ରତିଧ୍ୱନି , ଶ୍ରୀମତୀ ସୈରନ୍ଦ୍ରୀସାହୁ ମୁଖ୍ୟ ସଂପାଦିକା ସାଗରୀକା , ଭଗବାନ ଗୁପ୍ତା, ସି ଏ ଆଇ ଟି ବିଏଲଏସ ର ସଭାପତି, ଶ୍ରୀମତୀ କ୍ରିଷ୍ଣା ଦାସ ହୋଟେଲ ଲକିର ମୁଖ୍ୟ, ମେଜର ଗିରିଶ ଚନ୍ଦ୍ର ଷଡ଼ଙ୍ଗୀ ରେମୁଣା କଲେଜ ବାଲେଶ୍ୱର ଓ ଅବସର ପ୍ରାପ୍ତ ବୈଗ୍ୟାନିକ ପୂର୍ଣ୍ଣଚ଼ନ୍ଦ୍ର ପତି ପ୍ରମୁଖ ଉପସ୍ଥିତ ଥିଲେ । ଏହି ପରିପ୍ରେକ୍ଷୀରେ ଅଧାପକ ଅଭିଷେକ ଦାସଙ୍କ ଦ୍ୱାରା ରଚ଼ିତ 'ଯୋଗା ଫର୍ ମଡର୍ଣ୍ଣ ଏଲିମେଣ୍ଟସ୍' ପୁସ୍ତକ ଉନ୍ମେଚ଼ିତ ହୋଇଥିଲା । ଶ୍ରୀଯୁକ୍ତ ସୃଷ୍ଟିଧର ପରିଡା ଓ ସୈରିନ୍ଦ୍ରୀସାହୁଙ୍କୁ ସାହିତ୍ୟ ଜଗତର ଏକ ସଫଳ ଦମ୍ପତି ଭାବେ ମାନପତ୍ର ପ୍ରଦାନ କରାଯାଇଥିଲା । ଛାତ୍ର ଛାତ୍ରୀମାନଙ୍କ ଦ୍ୱାରା ବାଲେଶ୍ୱର ସହରରେ ଏକ ଯୋଗ, ଏନ ଏସ୍ ଏସ୍ ର ମହତ୍ତ୍ୱ ଓ ପ୍ରାକୃତିକ ଚିକିତ୍ସା ଉପରେ ଏକ ସଚେତନ ଧର୍ମୀ ପଦଯାତ୍ରାରେ ପରିକ୍ରମା ହୋଇଥିଲା ଓ ଏକ ବିଶାଳ ରକ୍ତ ଦାନ ଶିବିର ହୋଇଥିଲା । ଏଥିରେ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟ ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜ ଦେଓ ବିଶ୍ୱବିଦ୍ୟାଳୟ ଓ ଫକୀରମୋହନ ବିଶ୍ୱବିଦ୍ୟାଳୟ ଅଧିନସ୍ଥ ବିଭିନ୍ନ ମହାବିଦ୍ୟାଳୟରୁ ଆସିଥିବା ଛାତ୍ର ଛାତ୍ରୀଙ୍କ ଦ୍ୱାରା ନୈନିକ ସଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ ହୋଇଥିଲା । ପ୍ରାୟ ଦୁଇ ଶହ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଏକ ଚ଼ିତ୍ତାକର୍ଷକ ଯୋଗ ଆସନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ହେଲଦି ଲାଇଫ୍ ଯୋଗ ମହାବିଦ୍ୟାଳୟର ମୁଖ୍ୟ ଏବଂ ଆଇ ଏନ ସି ଓ୍ୱାଇ ଏସ୍ ର ଏନ୍ ଏସ୍ ଏସ୍ ପ୍ରୋଗ୍ରାମ ଅଫିସର ଡକ୍ଟର ଚ଼ିତ୍ତ ରଂଜନ ସାହୁ ଯୋଗ ଓ ପ୍ରାକୃତିକ ଚ଼ିକିତ୍ସା ଶୈଳୀର ଉପକାରିତା ସଂପର୍କରେ ଏହି ସମ୍ମିଳନୀରେ ପ୍ରତିପାଦନ କରିଥିଲେ । ସମଗ୍ର କାର୍ଯ୍ୟକ୍ରମକୁ ଅଧ୍ୟକ୍ଷା ଦେବୀ ଅର୍ଚ୍ଚନା ଦାସ ପରିଚ଼ାଳନା କରିଥିଲେ। ଶେଷରେ ଅଧାପିକା ଅନିତା ମିଶ୍ର ସମସ୍ତଙ୍କୁ ଧନ୍ୟବାଦ ପ୍ରଦାନ କରିଥିଲେ ।ସମସ୍ତ ପ୍ରତିନିଧିମାନଙ୍କୁ ମାନପତ୍ର ପ୍ରଦାନ କରାଯାଇଥିଲା।

## ପାରାଦୀପ ବନ୍ଦର ଡିଏଲଆରଙ୍କ ମୃତ୍ୟୁ : ଧର୍ମ ପତ୍ନୀଙ୍କୁ ଚ଼ାକିରୀ ପ୍ରତିଶୃତି ପରେ ସଂଘର ଧାରଣା ପ୍ରତ୍ୟାହୃତ



ପାରାଦୀପ ,(ପି.ଏନ): ପାରାଦୀପ ବନ୍ଦର ଟ୍ରାଫିକ ବିଭାଗ ରେଲୱେ ସେକ୍ସନରେ କ୍ଲାମ୍ପମ୍ୟାନ ଡିଏଲଆର ଭାବେ କାର୍ଯ୍ୟ କରୁଥିବା ତାପସ କୁମାର ପତି (୪୧) ରବିବାର ମଧ୍ୟରାତ୍ରରେ ଛାତିରେ ଯନ୍ତ୍ରଣା ଅନୁଭବ କରିବାରୁ ତାଙ୍କୁ ବନ୍ଦର ଚ଼ିକିତ୍ସାଳୟ ରେ ଭର୍ତ୍ତି କରାଯାଇଥିଲା କ୍ଷ ତେବେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ କ୍ଷ ଖବର ପାଇ ସୋମବାର ସକାଳେ ଡିଏଲଆର ସଂଘର ସଭାପତି ପ୍ରକାଶ ତ୍ରିପାଠୀ, କାର୍ଯ୍ୟକାରୀ ସଭାପତି ପରେଶ ମୁର୍ମୁ, ଉପସଭାପତି ସୁବ୍ରତ କୁମାର ପ୍ରଧାନ, ଉପଦେଷ୍ଟା ସର୍ବ ?ଶ୍ୱର ବଳିୟାରସିଂହ ପ୍ରମୁଖ ଘଟଣା ସ୍ଥଳରେ ପହଞ୍ଚି ଶୋକ ସନ୍ତପ୍ତ ପରିବାର କୁ ସାନ୍ତ୍ୱନା ଦେଇଥିଲେ କ୍ଷ ଏତଦବ୍ୟତୀତ ନିୟମ ଅନୁଯାୟୀ ବନ୍ଦର ପକ୍ଷରୁ ସମସ୍ତ ଆର୍ଥିକ ସହାୟତା ସହିତ ମୃତକ ଙ୍କ ପତ୍ନୀ ଙ୍କୁ ଚ଼ାକିରୀ ପାଇଁ ଦାବୀ କରାଯାଇଥିଲା । ପାରାଦୀପ ବନ୍ଦର ପକ୍ଷରୁ ମୃତକ ଙ୍କ ପତ୍ନୀଙ୍କୁ ଚ଼ାକିରୀ ଦେବା ସହ ସଂସ୍କାର ପାଇଁ ଆର୍ଥିକ ସହାୟତା ପ୍ରଦାନ କରାଯିବା ନେଇ ପ୍ରତିଶୃତି ମିଳିଲା ପରେ ଡିଏଲଆର ମାନଙ୍କ ଧାରଣା ପ୍ରତ୍ୟାହୃତ ହୋଇଥିଲା ।

## ଓଡ଼ିଶୀ କେନ୍ଦ୍ର ଦିଲ୍ଲୀର ୪୭ ତମ ବାର୍ଷିକ ଉତ୍ସବ ପାଳନ



ନୂଆଦିଲ୍ଲୀ,(ପି.ଏନ) ; ଦିଲ୍ଲୀର ପ୍ରମୁଖ ସାଂସ୍କୃତିକ ଅନୁଷ୍ଠାନ ଓଡ଼ିଶୀ କେନ୍ଦ୍ର, ଦିଲ୍ଲୀର ୪୭ ତମ ବାର୍ଷିକ ଉତ୍ସବ ନିକଟରେ ମହାସମାରୋହରେ ପାଳନ କରାଯାଇଛି। ଏହି ଭବ୍ୟ ଆୟୋଜନ ଉପଲକ୍ଷେ ଉତ୍ସବସ୍ଥଳ ଲୋଧୀ ଇଷ୍ଟେଟସ୍ଥିତ ଅଲିଆନ୍ସ ଫ୍ରନସେସର ପ୍ରେକ୍ଷାଳୟକୁ ଖୁବ ସୁନ୍ଦର ଭାବରେ ସଜା ଯାଇଥିବା ଦେଖା ଯାଇଥିଲା । ମହୋତ୍ସବରେ ସଂସ୍ଥାର ସାନ, ମଧ୍ୟମ ଓ ବରିଷ୍ଠଙ୍କୁ ମିଶାଇ ମୋଟ ୧୯ ଜଣ କଳାକାର ଅଂଶଗ୍ରହଣ କରିଥିଲେ । କାର୍ଯ୍ୟକ୍ରମର ନିର୍ଦ୍ଦେଶିକା ଗୁରୁ ସୁଶ୍ରୀ କଲ୍ୟାଣୀ ବେହେରାଙ୍କର ତତ୍ତ୍ୱାବଧାନରେ ଖୁବ ଉତ୍ତମ ଭାବରେ ସଂରଚ଼ନା କରାଯାଇଥିବା ଓଡ଼ିଶୀ ଶୈଳୀର ପ୍ରସ୍ତୁତିଗୁଡ଼ିକୁ ତାଙ୍କର ଶିଷ୍ୟାମାନେ ଏହି ଅବସରରେ ବେଶ ଦକ୍ଷତାର ସହିତ ଉପସ୍ଥାପନା କରିଥିବା ଲକ୍ଷ୍ୟ କରାଯାଇଥିଲା। ଆନ୍ତର୍ଜାତିକସ୍ତରରେ ପ୍ରସିଦ୍ଧ ଓଡ଼ିଶୀ ଗୁରୁ ସ୍ୱର୍ଗତଃ ହରେକୃଷ୍ଣ ବେହେରାଙ୍କ ଦ୍ୱାରା ଓଡ଼ିଶୀ କେନ୍ଦ୍ର, ଦିଲ୍ଲୀ ୧୯୭୭ ମସିହାରେ ପ୍ରତିଷ୍ଠା କରାଯାଇଥିଲା। ଶ୍ରୀ ବେହେରା ଓଡ଼ିଶୀ ଜଗତର ପ୍ରଥମ ଗୁରୁ ଯିଏ କି ଓଡ଼ିଶୀ ନୃତ୍ୟକୁ ୬୦ ଦଶକର ପ୍ରଥମ ଭାଗରେ ଓଡ଼ିଶାରୁ ଆଣି ରାଜଧାନୀ ଦିଲ୍ଲୀରେ ପରିଚ଼ିତ କରାଇଥିଲେ। ଗୁରୁ ଶ୍ରୀ ବେହେରାଙ୍କର ଦେଶ ବିଦେଶରେ ପ୍ରତିଷ୍ଠା ଅର୍ଜନ କରିଥିବା ଶିଷ୍ୟାମାନଙ୍କ ମଧ୍ୟରେ ଡଃ. ସୋନାଲ ମାନସିଂହ, ମାଧବୀ ମୁଦଗଲ, ରାଧା ରେଡ୍ଡୀ, କୁମକୁମ ଲାଲ, ଯାମିନୀ କୃଷ୍ଣମୂର୍ତ୍ତି, ଅଞ୍ଜନା ନାୟକ, ଚ଼ିତ୍ରା ଜଗଦୀଶନ ଓ କବିତା ଦ୍ୱିବେଦୀ ପ୍ରମୁଖ ଅନ୍ୟତମ। ଶ୍ରୀ ବେହେରାଙ୍କର ଆବର୍ତ୍ତମାନରେ ତାଙ୍କର ପତ୍ନୀ ଶ୍ରୀମତୀ ପଦ୍ମାବତୀ ବେହେରା ଓଡିଶୀ କେନ୍ଦ୍ର ଦିଲ୍ଲୀର ସଭାପତି ଭାବରେ ବର୍ତ୍ତମାନ ସ୍ୱର୍ଗତଃ ଗୁରୁଙ୍କର ସ୍ୱର୍ଣ୍ଣାଭ ଅବଦାନକୁ ସକ୍ରିୟ ଭାବରେ ଆଗେଇ ନେଇ ଚ଼ାଲିଥିବା ଦେଖାଯାଉଛି। ଶ୍ରୀମତୀ ବେହେରା ଏହି ଉତ୍ସବରେ ଉପସ୍ଥିତ ଥିଲେ। ୪୭ ତମ ବାର୍ଷିକ ଉତ୍ସବ, ଆମନ୍ତ୍ରିତ ଅତିଥିମାନଙ୍କ ଦ୍ୱାରା ପାରମ୍ପରିକ ପ୍ରଦୀପ ପ୍ରଜ୍ୱଳନ ସହିତ ଶୁଭାରମ୍ଭ ହୋଇଥିଲା। ସମାବେଶକୁ ସମ୍ବୋଧନ କରି ମୁଖ୍ୟ ଅତିଥି ସଙ୍ଗୀତାଚ଼ାର୍ଯ୍ୟ ବଙ୍କିମ ସେଠୀ, ଗୁରୁ ଶ୍ରୀ ହରେକୃଷ୍ଣ ବେହେରାଙ୍କ ସହିତ ତାଙ୍କର ଘନିଷ୍ଠ ସମ୍ପର୍କକୁ ସ୍ମରଣ କରି ଜାତୀୟ ରାଜଧାନୀ କ୍ଷେତ୍ରରେ ଦୀର୍ଘ ୬ ଦଶକ ପୂର୍ବ ? ଓଡ଼ିଶୀ ନୃତ୍ୟର ପ୍ରଚ଼ାର ପ୍ରସାର ନେଇ ଗୁରୁ ଶ୍ରୀ ବେହେରାଙ୍କର ଉଦ୍ୟମ ବେଶ ପ୍ରଶଂସନୀୟ ଥିଲା ବୋଲି କହିଥିଲେ। ମୁଖ୍ୟବକ୍ତା ବିଖ୍ୟାତ କଳା ସମାଲୋଚ଼କ ତଥା ସାମ୍ବାଦିକ ରବୀନ୍ଦ୍ର ମିଶ୍ର ଜାତୀୟ ଓ ଆନ୍ତର୍ଜାତୀୟ ସ୍ତରରେ ଓଡ଼ିଶୀ ନୃତ୍ୟର ବିଶେଷତ୍ୱକୁ ପ୍ରତିଷ୍ଠିତ କରିବାରେ ପ୍ରଥମ ଗୁରୁ ଭାବରେ ଶ୍ରୀ ବେହେରାଙ୍କର ଭୂମିକା ଅନନ୍ୟ ଓ ଅବିସ୍ମରଣୀୟ ଥିଲା ବୋଲି ଦର୍ଶାଇଥିଲେ। ଦିଲ୍ଲୀ ତଥା ଜାତୀୟ ରାଜଧାନୀ କ୍ଷେତ୍ରରେ ଓଡ଼ିଶାର କଳା, ସଂସ୍କୃତି ଓ ଐତିହ୍ୟକୁ ଲୋକପ୍ରିୟ କରିବାରେ ଓଡ଼ିଶୀ କେନ୍ଦ୍ର ଖୁବ ବଳିଷ୍ଠ ଯୋଗଦାନ ଦେଇ ଆସୁଥିବା ଶ୍ରୀ ମିଶ୍ର ସୂଚ଼ାଇଥିଲେ। ସ୍ୱତନ୍ତ୍ର ଅତିଥି ବିଖ୍ୟାତ ତବଲା ବାଦକ ବିଜୟ ଶଙ୍କର ମିଶ୍ର, ଗୁରୁ ଶ୍ରୀ ବେହେରା ଏବଂ ଓଡ଼ିଶୀ କେନ୍ଦ୍ର ସହିତ ତାଙ୍କର ଦୀର୍ଘ ସମୟର ସମ୍ପର୍କକୁ ଉଲ୍ଲେଖ କରି ଅନୁଷ୍ଠାନର ଗୁରୁ ଓ ବିଦ୍ୟାର୍ଥୀ ମାନଙ୍କୁ ଶୁଭକାମନା ଜଣାଇଥିଲେ ଏବଂ ସେମାନଙ୍କର ଉତ୍ତରୋତ୍ତର ଉନ୍ନତି କାମନା କରିଥିଲେ। ଓଡ଼ିଶୀ କେନ୍ଦ୍ରର ବାଳୁତ କଳାକାରମାନଙ୍କ ଦ୍ୱାରା ପ୍ରସ୍ତୁତ ଆବାହନୀ ସଂରଚ଼ନା ନମସକ୍ରିୟା ଏବଂ ଗୁରୁ ଶ୍ଳୋକ ସନ୍ଧ୍ୟାର ପ୍ରଥମ ଆକର୍ଷଣ ଥିଲା। ମଞ୍ଚ ଉପରେ ପ୍ରଖର ପ୍ରତିଭାବାନ ଶିଶୁ କଳାକାରମାନଙ୍କର ଜାଦୁଗରୀ ପ୍ରଦର୍ଶନ ଦର୍ଶକମାନଙ୍କୁ ଅଭିଭୂତ କରିଦେଇଥିଲା। ଏହାପରେ ପ୍ରବୀଣ ଓ ପାରଦର୍ଶୀ ନୃତ୍ୟଶିଳ୍ପୀମାନଙ୍କ ଦ୍ୱାରା ପରିବେଷିତ ମଙ୍ଗଳାଚ଼ରଣ, ଗଣେଶ ସ୍ତୁତି ସମଗ୍ର ପରିବେଶକୁ ଭକ୍ତିମୟ କରିଦେଇଥିଲା। ସନ୍ଧ୍ୟାର ତୃତୀୟ ଓ ଚ଼ତୁର୍ଥ ପ୍ରସ୍ତୁତି ବଟୁ ନୃତ୍ୟ ଓ ମୋହନା ପଲ୍ଲବୀ ପରିବେଷଣ ସମୟରେ କଳାକାରମାନଙ୍କର ବୈଦ୍ୟୁତିକ ପଦଚ଼ାଳନା ଓ ଆକର୍ଷଣୀୟ ଅଙ୍ଗଭଙ୍ଗୀ ପ୍ରଦର୍ଶନର ଚ଼ମତ୍କାରିତା ଦେଖିବାକୁ ମିଳିଥିଲା। ଏହାପରେ ଗୁରୁ ସୁଶ୍ରୀ କଲ୍ୟାଣୀ ବେହେରାଙ୍କର ବରିଷ୍ଠ ଶିଷ୍ୟା ତିସ୍ତା ଗୁହା ଗାଙ୍ଗୁଲୀଙ୍କର ଖୁବ ନିଖୁଣ ଶରୀର ଚ଼ାଳନା ଓ ମର୍ମସ୍ପର୍ଶୀ ମୁଖାଭିନୟ ଦ୍ୱାରା ପରିବେଷିତ ଏକକ ନୃତ୍ୟ, 'କାହିଁ ଗଲେ ମୁରଲୀ ଫୁଙ୍କା' କାର୍ଯ୍ୟକ୍ରମର ମୁଖ୍ୟ ଆକର୍ଷଣ ଥିଲା। ତିସ୍ତାଙ୍କର ଭାବୋଦ୍ଦୀପକ ଅଭିନୟ ଦେଖଣାହାରୀମାନଙ୍କ ଦ୍ୱାରା ଖୁବ ଆଦୃତ ହୋଇଥିଲା। ଏହାପରେ ମଞ୍ଚସ୍ଥ ଓଡ଼ିଆ ଭଜନ-ଆହେ ନୀଳ ଶଇଳ', ବସନ୍ତ ପଲ୍ଲବୀ, ଦଶାବତାର ଏବଂ ମୋକ୍ଷ ଆଦି ପ୍ରସ୍ତୁତି ବେଶ ମନୋରଞ୍ଜକ ଥିଲା ଏବଂ ଦର୍ଶକମାନଙ୍କୁ ମନ୍ତ୍ରମୁଗ୍ଧ କରିଦେଇଥିଲା। ବାର୍ଷିକ ଉତ୍ସବର ପ୍ରତ୍ୟେକ ପ୍ରସ୍ତୁତି ବେଶ ଉଚ୍ଚକୋଟିର ଥିଲା। କଳାକାରମାନଙ୍କର ସାରଗର୍ଭକ ଉପସ୍ଥାପନା ସଭାଗୃହକୁ ଅତ୍ୟନ୍ତ ଆନନ୍ଦ, ଉଲ୍ଲାସ ଓ ଅଫୁରନ୍ତ ଉନ୍ମାଦନାର ଉଚ୍ଛ୍ୱାସରେ ଭରି ଦେଇଥିଲା। ପ୍ରତ୍ୟେକ ପ୍ରସ୍ତୁତିର ଶେଷରେ ଉପସ୍ଥିତ ଦର୍ଶକମାନେ ବିପୁଳ କରତାଳି ସହିତ କଳାକାରମାନଙ୍କୁ ଉତ୍ସାହିତ କରୁଥିବା ଦେଖାଯାଇଥିଲା । ଉଭୟ କଳାପ୍ରେମୀ ଜନସାଧାରଣ ଏବଂ ସଂସ୍କୃତି ସମୀକ୍ଷକମାନେ ସମ୍ପୂର୍ଣ୍ଣ କାର୍ଯ୍ୟକ୍ରମକୁ ଖୁବ ପସନ୍ଦ କରିଥିଲେ ଏବଂ ଗୁରୁ ସୁଶ୍ରୀ କଲ୍ୟାଣୀ ବେହେରା ଓ ଅଂଶଗ୍ରହଣକାରୀ କଳାକାରମାନଙ୍କର ଭୂୟସୀ ପ୍ରଶଂସା କରିଥିଲେ । ଭାଗ ନେଇଥିବା ନୃତ୍ୟଶିଳ୍ପୀ ମାନଙ୍କ ମଧ୍ୟରେ ବରିଷ୍ଠ ଶ୍ରେଣୀରେ ତିସ୍ତା ଗୁହା ଗାଙ୍ଗୁଲୀ, ବବିତା ପରିଡ଼ା, ରାମଶ୍ରୀ ମୁଖାର୍ଜୀ, ଶ୍ରୀୟା ସିଂହ, ଅଭିଷିକ୍ତା ପାଲ, ଆକାଶ ଲୀନା ମାଜି, ସଂସ୍କୃତି ଝା, ଶ୍ରଓଇନ ଘଟକ ଝା, ଶତରୂପା ମୁଖାର୍ଜୀ, ଶ୍ରୀନିକା ଦତ୍ତା ଏବଂ କନିଷ୍ଠ ଗୋଷ୍ଠୀ ରେ ଆଦ୍ୟା ଶର୍ମା, ଆଦଭିକା ରାଓ୍ୱତ, ଭାନିନୀ ତ୍ରିପାଠୀ, ଶ୍ରେୟା ଚୌହାନ, ପାଭିକା ଆରୋରା, ନବ୍ୟାନିଡି ଝା, କାଶଭି ଶର୍ମା, ନାଙ୍ଗବିସନଓ ଆର.କେ ଓ ସାନଭି ପଟ୍ଟନାୟକ ପ୍ରମୁଖ ଅନର୍ଭୁକ୍ତ ଥିଲେ । ଯନ୍ତ୍ର ସଙ୍ଗୀତରେ ସହଯୋଗ କରିଥିବା କଳାକାରମାନଙ୍କ ମଧ୍ୟରେ ମର୍ଦ୍ଦଳରେ ପ୍ରଫୁଲ୍ଲ କୁମାର ମଙ୍ଗରାଜ, ଗାୟନରେ ପ୍ରଶାନ୍ତ କୁମାର ବେହେରା,ବଂଶୀରେ ନିଖିଳ କୁମାର ବେହେରା ଏବଂ ମଞ୍ଜିରାରେ ଗୁରୁ ସୁଶ୍ରୀ କଲ୍ୟାଣୀ ବେହେରା ପ୍ରମୁଖ ସାମିଲ ଥିଲେ।



ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)
NURSERY (3+)
LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray